ସାଧାରଣ ଲୋକଙ୍କ ଖବରକାଗଜ
# ପର୍ଯ୍ୟବେକ୍ଷକ 25
PARYABEKHYAK पर्यवेक्षक


Vol.26 . No.302 Bhubaneswar Thursday January 18 2024 | ୨୬ତମ ବର୍ଷ ସଂଖ୍ୟା-୩୦୨ ଭୁବନେଶ୍ୱର, ଗୁରୁବାର, ଜାନୁଆରୀ ୧୮, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ-୧.୫୦ ₹ 1.50 | (Air Surcharge - 0.50P) | Member-INS

# ପରିକ୍ରମା ପ୍ରକଳ୍ପକୁ ଲୋକାର୍ପଣ କଲେ ମୁଖ୍ୟମନ୍ତ୍ରୀ, ପୂର୍ଣ୍ଣାହୁତି ଦେଲେ ଗଜପତି

ଭୁବନେଶ୍ୱର,୧୭।୧(ପି.ଏନ) : ଆଜିଠାରୁ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ଶ୍ରୀମନ୍ଦିର ଇତିହାସରେ ଯୋଡି ହୋଇଛି ସ୍ୱର୍ଣ୍ଣିମ ଅଧ୍ୟାୟ । ବହୁପ୍ରତୀକ୍ଷିତ ଶ୍ରୀମନ୍ଦିର ପରିକ୍ରମା ପ୍ରକଳ୍ପକୁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଲୋକାର୍ପଣ କରିଛନ୍ତି । ପୁରୀ ଗଜପତି ଦିବ୍ୟସିଂହ ଦେବଙ୍କ ଉପସ୍ଥିତିରେ ମୁଖ୍ୟମନ୍ତ୍ରୀ ଏହାକୁ ଲୋକର୍ପଣ କରିଥିଲେ । ପରିକ୍ରମା ପ୍ରକଳ୍ପର ଦିବ୍ୟ ମହାଯଜ୍ଞରେ ଗଜପତି ପୂର୍ଣ୍ଣାହୁତି ଦେଇଥିଲେ ।ଆଜି ପୌଷ ମାଷ ଶୁକ୍ଳ ସପ୍ତମୀ ପରି ଏକ ପବିତ୍ର ତିଥିରେ ମହାପ୍ରଭୁଙ୍କ ଶ୍ରୀକ୍ଷେତ୍ର ଧାମ ନୂଆ ଇତିହାସ ଲେଖିଛି । ଶ୍ରୀମନ୍ଦିର ସହ ଯୋଡି ହୋଇଛି ସ୍ୱର୍ଣ୍ଣିମ ଅଧ୍ୟାୟ । ବିଶ୍ୱନିୟନ୍ତା କାଳିଆର ବିଜେସ୍ଥଳୀର ଭବ୍ୟ ରୂପକୁ ଦେଖିଛି ସାରା ଦୁନିଆ । ତିଥି, ବାର, ନକ୍ଷତ୍ର ଓ ତାରିଖ ଦୃଷ୍ଟିକୋଣରୁ ଏହା ଯୁଗ ଯୁଗ ପାଇଁ ସାଢ଼େ ଚାରିକୋଟି ଓଡିଆ ଓ କୋଟି କୋଟି ଜଗନ୍ନାଥ ପ୍ରେମୀଙ୍କ ପାଇଁ ଏକ ସ୍ମରଣୀୟ ଦିନ ହୋଇ ରହିବ ।ମହାପ୍ରଭୁଙ୍କ ପରିକ୍ରମା ପ୍ରକଳ୍ପ ପାଇଁ ଦୀର୍ଘଦିନ ଧରି ଜୋରସୋରରେ ପ୍ରସ୍ତୁତି ପ୍ରକ୍ରିୟା ଚାଲିଥିଲା । ଗତ ୧୬ ତାରିଖ ସକାଳ ୭ଟା ସମୟରେ ଦ୍ୱିତୀୟ ଦିନର ଯଜ୍ଞ କାର୍ଯ୍ୟ ଆରମ୍ଭ ହୋଇଥିଲା । ସୂର୍ଯ୍ୟପୂଜା, ଧରିତ୍ରୀ ପୂଜା, ବରୁଣ ପୂଜା, ଗୋ ପୂଜା କରାଯିବା ସହିତ ଶ୍ରୋତୀୟ ବ୍ରାହ୍ମଣମାନେ ଅଧିବାସ କଳସ ଜଳ, ଚନ୍ଦନ, ହଳଦୀ, ରକ୍ଷାସୂତ୍ର ନେଇ ଶ୍ରୀମନ୍ଦିର ଚାରିପାଖରେ ଶୋଧନ କରିଥିଲେ । ପରେ ପଞ୍ଚକର୍ମ, ମଣ୍ଡଳପୂଜା, ହବନ, ଆରତି, ପୁଷ୍ପାଞ୍ଜଳି ଓ ପ୍ରଦକ୍ଷିଣ କରାଯାଇ ସନ୍ଧ୍ୟା ସମୟରେ ଯଜ୍ଞକର୍ମ ସମାପନ କରାଯାଇଥିଲା । ପରିକ୍ରମା ପ୍ରକଳ୍ପ ପାଇଁ ପୁରୀ ଗସ୍ତରେ ଯାଇ ୫-ଟି ଅଧକ୍ଷ କାର୍ତ୍ତିକ ପାଣ୍ଡିଆନ ସମସ୍ତ କାର୍ଯ୍ୟର ତଦାରଖ କରିଥିଲେ ।



## ତଦନ୍ତ କମିଶନ୍ ରିପୋର୍ଟ ପ୍ରସଙ୍ଗ: ସମୟ ମାଗିଲେ ରାଜ୍ୟ ସରକାର



ଭୁବନେଶ୍ୱର,୧୭।୧(ପି.ଏନ): ଶ୍ରୀମନ୍ଦିର ରତ୍ନଭଣ୍ଡାର ଚାବି ହଜିବା ନେଇ ଜଷ୍ଟିସ ରଘୁବୀର ଦାସ ତଦନ୍ତ କମିଶନ ରିପୋର୍ଟ ସାର୍ବଜନୀନ କରିବା ପାଇଁ ମାମଲା ହୋଇଥିଲା। ମାମଲାକୁ ଗ୍ରହଣ କରିଥିଲେ ହାଇକୋର୍ଟ। ଆଉ ତଦନ୍ତ କମିଶନଙ୍କ ରିପୋର୍ଟର ସ୍ଥିତି କଣ ଅଛି ଜଣାଇବାକୁ ରାଜ୍ୟ ସରକାରଙ୍କୁ ନିର୍ଦ୍ଦେଶ ଦେଇଥିଲେ। ରାଜ୍ୟ ସରକାର ଷ୍ଟାଟସ୍ ରିପୋର୍ଟ ଦାଖଲ କରିବା ପରିବର୍ତ୍ତ ସମୟ ମାଗିଛନ୍ତି। ଦୁଇରୁ ତିନି ସମୟ ଦେବାକୁ ସରକାର ମାଗିଲେ। ସେଥିପାଇଁ ମହଲତ ଦେଲେ ହାଇକୋର୍ଟ। ଦୁଇ ସପ୍ତାହ ପରେ ମାମଲାର ପରବର୍ତ୍ତୀ ଶୁଣାଣୀ।ମହାପ୍ରଭୁଙ୍କ ରତ୍ନଭଣ୍ଡାର ଚାବି ହଜିବାକୁ ନେଇ ରାଜ୍ୟ ତମାମ ହୋହଲ୍ଲା ହୋଇଥିଲା। ସ୍ଥିତି ବିଗୁଡୁଥିବା ଦେଖି ରାଜ୍ୟ ସରକାର ଘଟଣା ତଦନ୍ତ ପାଇଁ ଜଷ୍ଟିସ୍ ରଘୁବୀର ଦାସ କମିଶନ୍ ଗଠନ କରିଥିଲେ। ଜଷ୍ଟିସ ରଘୁବୀର ଦାସ ମାମଲାର ତଦନ୍ତ କରି ୨୦୧୮ ମସିହାରେ ରିପୋର୍ଟ ଦାଖଲ କରିଥିଲେ। ତଦନ୍ତ କମିଶନଙ୍କ ସଚିବ ଗୃହ ବିଭାଗ ଅନୁ ସଚିବଙ୍କ ପାଖରେ ମୋଟ ୩୨୪ ପୃଷ୍ଠା ସମ୍ବଳିତ ବିସ୍ତୃତ ରିପୋର୍ଟ ଦାଖଲ କରିଥିଲେ। ହେଲେ ଆଜି ପର୍ଯ୍ୟନ୍ତ ସେହି ରିପୋର୍ଟ ବିଧାନସଭାରେ ଉପସ୍ଥାପନ କରାଯାଉନି କି ସାର୍ବଜନୀନ କରାଯାଉନି। ଯାହାକୁ ନେଇ ବିଭିନ୍ନ ମହଲରେ ଅସନ୍ତୋଷ ପ୍ରକାଶ ପାଇଥିଲା।

## ଲୋକାର୍ପିତ ହେଲା ଶ୍ରୀମନ୍ଦିର ପରିକ୍ରମା ପ୍ରକଳ୍ପ, ଆସିଲେନି ଶଙ୍କରାଚାର୍ଯ୍ୟ

ଭୁବନେଶ୍ୱର,୧୭।୧(ପି.ଏନ): ପ୍ରତୀକ୍ଷାର ଅନ୍ତ ଘଟିଲା। ବହୁ ପ୍ରତିକ୍ଷୀତ ଶ୍ରୀମନ୍ଦିର ପରିକ୍ରମା ପ୍ରକଳ୍ପ ଲୋକାର୍ପିତ ହେଲା। ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ପ୍ରକଳ୍ପ ଲୋକାର୍ପିତ କରିଛନ୍ତି। ହେଲେ ପୁରୀ ଗୋବର୍ଦ୍ଧନ ପୀଠ ଶଙ୍କରାଚାର୍ଯ୍ୟ ସ୍ୱାମୀ ନିଶ୍ଚଳାନନ୍ଦ ସରସ୍ୱତୀଙ୍କର ଦେଖା ମିଳିଲା ନାହିଁ। ତେବେ ଏଠି ପ୍ରଶ୍ନ ଉଠୁଛି, ପରିକ୍ରମା ପ୍ରକଳ୍ପ ଲୋକାର୍ପଣ ଉତ୍ସବରେ କାହିଁକି ଯୋଗଦେଲେନି ଶଙ୍କରାଚାର୍ଯ୍ୟ? ଏହାକୁ ନେଇ ନାନା ଚର୍ଚ୍ଚା ଲାଗି ରହିଥିବା ସ୍ପଷ୍ଟୀକରଣ ରଖିଛନ୍ତି ଗୋବର୍ଦ୍ଧନ ପୀଠର ଲୋକସମ୍ପର୍କ ଅଧିକାରୀ।ଗଣମାଧ୍ୟମକୁ ସୂଚନା ଦେଇ ସେ କହିଛନ୍ତି, ଯେତେବେଳେ ଲୋକାର୍ପଣ ଉତ୍ସବ ପାଇଁ ତାରିଖ ଧାର୍ଯ୍ୟ କରାଗଲା, ସେତେବେଳେ ନା ଜଗତଗୁରୁଙ୍କ ପରାମର୍ଶ ନିଆଯାଇଥିଲା





ନା ତାଙ୍କୁ ପଚରା ଯାଇଥିଲା। ନିଶ୍ଚିତ ଭାବେ ଏଥିରେ ତ୍ରୁଟି ଘଟିଥିଲା। ବର୍ତ୍ତମାନ ପଶ୍ଚିମବଙ୍ଗ ଗଙ୍ଗା ସ୍ନାନ ଉତ୍ସବରେ ଶଙ୍କରାଚାର୍ଯ୍ୟ ମୁଖ୍ୟ ପୁରୋଧା ଭାବେ ସାମିଲ ହୋଇଛନ୍ତି। ସେଠାରୁ ଫେରିବା ପରେ ପରିଚାଳନା କମିଟି ସହ କଥା ହେବେ ବୋଲି କହିଛନ୍ତି ଗୋବର୍ଦ୍ଧନ ପୀଠର ଲୋକସମ୍ପର୍କ ଅଧିକାରୀ।

## ଆସନ୍ତା ୨୦୨୪ ମସିହା ସାଧାରଣ ନିର୍ବାଚନ ପାଇଁ ଜାନୁୟାରୀ ୨୩ ଓ ୨୫ ତାରିଖରେ କଂଗ୍ରେସର ପ୍ରଶିକ୍ଷଣ ଶିବିର

ଭୁବନେଶ୍ୱର, ୧୭।୧(ପି.ଏନ) : ଆସନ୍ତା ସାଧାରଣ ଏବଂ ରାଜ୍ୟର ବିଧାନସଭା ନିର୍ବାଚନକୁ ଆଖି ଆଗରେ ରଖି ପ୍ରଦେଶ କଂଗ୍ରେସ ସଭାପତି ଶ୍ରୀ ଶରତ ପଟ୍ଟନାୟକଙ୍କ ସୁପାରିଶ ଏବଂ ଅଜୟ କୁମାରଙ୍କ ଅନୁମୋଦନକ୍ରମେ ୨୧ଟି ସଂସଦୀୟ କ୍ଷେତ୍ର ପାଇଁ ୨୧ ଜଣ ସଂଯୋଜକ ତଥା ୧୪୭ ବିଧାନସଭା କ୍ଷେତ୍ର ପାଇଁ ୧୪୭ ଜଣ ସଂଯୋଜକଙ୍କୁ ନିଯୁକ୍ତି କରାଯାଇଅଛି। ନିଯୁକ୍ତି ପାଇଥିବା ସଂଯୋଜକମାନେ କିଭଳି ଭାବରେ ନିଜ ନିଜ ନିର୍ବାଚନ କ୍ଷେତ୍ରରେ ନିର୍ବାଚନ ପରିଚାଳନା କରିବେ ସେଥିପାଇଁ ଆସନ୍ତା ଜାନୁୟାରୀ ୨୩ ଓ ୨୫ ତାରିଖରେ ଅଖିଳ ଭାରତ କଂଗ୍ରେସ କମିଟିର ସ୍ୱତନ୍ତ୍ର ନିର୍ବାଚନ ପ୍ରଶିକ୍ଷଣ ଅଧିକାରୀମାନେ ଭୁବନେଶ୍ୱର ଠାରେ ପ୍ରଶିକ୍ଷଣ ପ୍ରଦାନ କରିବେ। ପ୍ରକାଶଥାଉକି ଜାନୁୟାରୀ ୨୩ ତାରିଖ ଦିନ ୧୦ଟି ଲୋକସଭା ନିର୍ବାଚନ ମଣ୍ଡଳୀ ଯଥା - ସୁନ୍ଦରଗଡ଼, ସମ୍ବଲପୁର, ବରଗଡ଼, ବଲାଙ୍ଗୀର, କଳାହାଣ୍ଡି, ନବରଙ୍ଗପୁର, କୋରାପୁଟ, କନ୍ଧମାଳ, ମୟୁରଭଞ୍ଜ ଓ କେନ୍ଦୁଝର ଏବଂ ଉପରୋକ୍ତ ଲୋକସଭା ନିର୍ବାଚନମଣ୍ଡଳୀ ଅନ୍ତର୍ଗତ ୭୦ ଟି ନିର୍ବାଚନ ମଣ୍ଡଳୀର ବିଧାନସଭା କ୍ଷେତ୍ରର ସଂଯୋଜକମାନେ ଏବଂ ସେହିପରି ଜାନୁୟାରୀ ୨୫ ତାରିଖରେ ୧୧ ଟି ଲୋକସଭା ନିର୍ବାଚନ ମଣ୍ଡଳୀ ଯଥା- ଢେଙ୍କାନାଳ, କଟକ, ଭୁବନେଶ୍ୱର, ପୁରୀ, ଯାଜପୁର, ଜଗତସିଂହପୁର, କେନ୍ଦ୍ରାପଡ଼ା, ଭଦ୍ରକ, ବାଲେଶ୍ୱର, ଆସ୍କା ଓ ବ୍ରହ୍ମପୁର ଏବଂ ଏହି ଲୋକସଭା ନିର୍ବାଚନ ମଣ୍ଡଳୀ ଅନ୍ତର୍ଗତ ୭୭ଟି ବିଧାନସଭା କ୍ଷେତ୍ରର ସଂଯୋଜକମାନେ ପ୍ରଶିକ୍ଷଣ କାର୍ଯ୍ୟକ୍ରମରେ ଯୋଗଦେବେ। ଏହି କାର୍ଯ୍ୟକ୍ରମର ପ୍ରଦେଶ କଂଗ୍ରେସ କମିଟି ସଭାପତି ଶ୍ରୀ ଶରତ ପଟ୍ଟନାୟକ ଅଧ୍ୟକ୍ଷତା କରିବେ। ଓଡ଼ିଶା ପ୍ରଭାରୀ ଡ. ଅଜୟ କୁମାର ଏହି ଦୁଇ ଦିନ ଧରି ନିର୍ବାଚନ ପ୍ରଶିକ୍ଷଣ କାର୍ଯ୍ୟକ୍ରମରେ ମଧ୍ୟ ଉପସ୍ଥିତ ରହିବେ ବୋଲି ଆଜି ପ୍ରଦେଶ କଂଗ୍ରେସ ଗଣମାଧ୍ୟମ ବିଭାଗର ମୁଖପାତ୍ର ଶ୍ରୀ ରଜନୀ କୁମାର ମହାନ୍ତି ଏକ ପ୍ରେସ ବିଜ୍ଞପ୍ତିରେ ଜଣାଇଛନ୍ତି। ତେଣୁ ନିଯୁକ୍ତି ପାଇଥିବା ସଂଯୋଜକମାନେ ନିର୍ଦ୍ଧାରିତ ତାରିଖରେ ପ୍ରଶିକ୍ଷଣ କାର୍ଯ୍ୟକ୍ରମରେ ଉପସ୍ଥିତ ରହିବାକୁ ପିସିସି ସଭାପତି ଶ୍ରୀ ପଟ୍ଟନାୟକ ନିର୍ଦ୍ଦେଶ ଦେଇଛନ୍ତି।

## ରାମ ମନ୍ଦିର ଉଦ୍‌ଘାଟନ ଦିନ କ'ଣ କରିବେ ବିରୋଧୀ ?

ଭୁବନେଶ୍ୱର,୧୭।୧(ପି.ଏନ) ଅଯୋଧାରେ ଉଦ୍‌ଘାଟନ ହେବାକୁ ଯାଉଛି ଭବ୍ୟ ରାମ ମନ୍ଦିର। ଆସନ୍ତା ୨୨ ତାରିଖ ଦିନ ମନ୍ଦିରରେ ବିରାଜମାନ କରିବେ ରାମଲଲା। ରାମଲଲାଙ୍କ ହେବ ପ୍ରାଣ ପ୍ରତିଷ୍ଠ। ଏହି ସମାରୋହରେ ଖୋଦ୍ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି, ମୁଖ୍ୟମନ୍ତ୍ରୀ ଯୋଗୀ ଆଦିତ୍ୟନାଥଙ୍କ ସମେତ ପ୍ରାୟ ୬ ହଜାର ଲୋକେ ଉପସ୍ଥିତ ରହିବେ। ସେହିପରି ବଲିଉଡ ଠାରୁ ଆରମ୍ଭ କରି ରାଜନେତାଙ୍କ ସମେତ ବିଶିଷ୍ଟ ଉଦ୍‌ଯୋଗପତି ଓ ବହୁ ପ୍ରତିଷ୍ଠିତ ବ୍ୟକ୍ତିଙ୍କୁ ଏହି ସମାରୋହକୁ ଆମନ୍ତ୍ରିତ କରାଯାଇଛି। ହେଲେ ଏହି କାର୍ଯ୍ୟକ୍ରମକୁ ବୟକଟ୍ କରିଛନ୍ତି ସମସ୍ତ ବିରୋଧୀ। କଂଗ୍ରେସ ଅଧକ୍ଷ ମଲ୍ଲିକାର୍ଜୁନ ଖଡଗେ, ସୋନିଆ ଗାନ୍ଧି ଓ ସାଂସଦ ଅଧୀର ରଞ୍ଜନ ଚୌଧୁରୀ ପୂର୍ବରୁ ରାମ ମନ୍ଦିର ଉଦ୍‌ଘାନଟ ଆମନ୍ତ୍ରଣକୁ ଅସ୍ୱୀକାର କରିସାରିଛନ୍ତି।

## କଂଗ୍ରେସକୁ ଫେରିଲେ ଗମାଙ୍ଗ ପରିବାର

ଭୁବନେଶ୍ୱର,୧୭।୧(ପି.ଏନ): କଂଗ୍ରେସକୁ ଫେରିଲେ ଗମାଙ୍ଗ ପରିବାର। ଦିଲ୍ଲୀରେ ପୂରା ପରିବାର କଂଗ୍ରେସରେ ମିଶିଲେ। ପିସିସି ପ୍ରଭାରୀ ଅଜୟ କୁମାରଙ୍କ ଉପସ୍ଥିତିରେ ଗିରିଧର ଗମାଙ୍ଗ, ତାଙ୍କ ପତ୍ନୀ ହେମା ଓ ପୁଅ ଶିଶିର ଗମାଙ୍ଗ କଂଗ୍ରେସରେ ସାମିଲ ହୋଇଛନ୍ତି। ସେହିପରି ପୂର୍ବତନ ସାଂସଦ ସଂଜୟ ଭୋଇ ମଧ୍ୟ କଂଗ୍ରେସକୁ ଫେରିଛନ୍ତି। କଂଗ୍ରେସ ପକ୍ଷରୁ ସେମାନଙ୍କୁ ସ୍ୱାଗତ କରାଯାଇଛି।୨୦୧୫ ମସିହାରେ କଂଗ୍ରେସ ଛାଡି ବିଜେପିରେ ଯୋଗଦେଇଥିବା ପୂର୍ବତନ ମୁଖ୍ୟମନ୍ତ୍ରୀ ଗିରିଧର ଗମାଙ୍ଗ ଓ ତାଙ୍କ ପୁଅ ଶିଶିର ଗମାଙ୍ଗ। ୨୦୨୩ ମସିହାରେ ବାପ-



ପୁଅ ବିଜେପି ଛାଡି ଭାରତ ରାଷ୍ଟ୍ର ସମିତି(ବିଆରଏସ)ରେ ସାମିଲ ହୋଇଥିଲେ। ଆଗାମୀ ନିର୍ବାଚନରେ ଓଡିଶାରୁ ବିଆର୍‌ଏସ୍‌ରୁ ଲଢ଼ିବେ ବୋଲି ସପନ ଦେଇଥିଲେ। ହେଲେ ସେମିତି କିଛି ଦେଖିବାକୁ ମିଳିଲା ନାହିଁ। ଏବେ ଗମାଙ୍ଗ ପରିବାର ପୁଣି ଥିରେ କଂଗ୍ରେସକୁ ଫେରିଛନ୍ତି।

## ରାମ ମନ୍ଦିର ପ୍ରତିଷ୍ଠା ଦିନ ଏହି ସବୁ ରାଜ୍ୟରେ ସ୍କୁଲ୍-କଲେଜ ଛୁଟି ସହ ବନ୍ଦ ରହିବ ମଦ-ମାଂସ ଦୋକାନ



ଭୁବନେଶ୍ୱର,୧୭।୧(ପି.ଏନ): ରାମ ମନ୍ଦିର ପ୍ରତିଷ୍ଠା ନେଇ ଚଳ ଚଞ୍ଚଳ ଅଯୋଧ୍ୟା ନଗରୀ। ଦୀର୍ଘ ପାଞ୍ଚ ଶହ ବର୍ଷର ଅପେକ୍ଷା ପରେ ଜନ୍ମଭୂମିରେ ମର୍ଯ୍ୟାଦାପୁରୁଷ ପ୍ରଭୁ ଶ୍ରୀରାମଚନ୍ଦ୍ରଙ୍କ ପ୍ରତିମା ପୂଜା ପାଇବ। ଏଥିପାଇଁ ୨୨ ଜାନୁଆରୀକୁ ଶୁଭ ସମୟ ଧାର୍ଯ୍ୟ କରାଯାଇଛି। ଏଥିପାଇଁ କେବଳ ଯେ ଅଯୋଧ୍ୟା ନଗରୀ କି ଉତ୍ତର ପ୍ରଦେଶ ନୁହେଁ ପୂରା ଭାରତ ପ୍ରସ୍ତୁତିରେ ଲାଗିପଡିଛି।ଉତ୍ତର ପ୍ରଦେଶରେ ଏହି ଅବସରରେ ବିଭିନ୍ନ ଶିକ୍ଷାନୁଷ୍ଠାନ ଏବଂ ସରକାରୀ କାର୍ଯ୍ୟାଳୟକୁ ଛୁଟି ଘୋଷଣା କରାଯାଇଛି। ମୁଖ୍ୟମନ୍ତ୍ରୀ ଯୋଗୀ ଆଦିତ୍ୟନାଥ ଜନ ସାଧାରଣଙ୍କୁ ଦୀପାବଳି ଭଳି ଖୁସି ମନାଇବାକୁ ନିବେଦନ କରିଛନ୍ତି। ଉତ୍ତର ପ୍ରଦେଶ ସରକାର ମଧ୍ୟ ଜାନୁଆରୀ ୨୨ରେ ରାଜ୍ୟରେ ମାଦକ ଦ୍ରବ୍ୟ ବିକ୍ରୟ ଉପରେ ପ୍ରତିବନ୍ଧକ ଲଗାଇଛନ୍ତି। ମଦ ସହ ମାଂସ ଦୋକାନ ମଧ୍ୟ ବନ୍ଦ ରଖିବାକୁ ନିର୍ଦ୍ଦେଶ ଦେଇଛନ୍ତି।

## ଓଡ଼ିଶାରୁ ଅଧିକ ୧୦ ଲକ୍ଷ ମେଟ୍ରିକ୍ ଟନ ଉଷୁନା ଚାଉଳ ସଂଗ୍ରହ କରିବା ପାଇଁ ଚିଠି ଲେଖିଲେ କେନ୍ଦ୍ରମନ୍ତ୍ରୀ

ନୂଆଦିଲ୍ଲୀ,୧୭।୧(ପି.ଏନ): ଚଳିତ ଖରିଫ୍ ବିପଣନ ଋତୁରେ ଓଡ଼ିଶାରୁ ଅଧିକ ୧୦ ଲକ୍ଷ ମେଟ୍ରିକ୍ ଟନ ଉଷୁନା ଚାଉଳ ସଂଗ୍ରହ କରିବା ପାଇଁ ଭାରତୀୟ ଖାଦ୍ୟ ନିଗମ(ଏଫସିଆଇ)କୁ ନିର୍ଦ୍ଦେଶ ଦେବା ପାଇଁ କେନ୍ଦ୍ର ଖାଉଟି ବ୍ୟାପାର, ଖାଦ୍ୟ ଏବଂ ସାଧାରଣ ବଣ୍ଟନ ମନ୍ତ୍ରୀ ପିୟୂଷ ଗୋୟଲଙ୍କୁ ଚିଠି ଲେଖି ଅନୁରୋଧ କରିଛନ୍ତି କେନ୍ଦ୍ର ଶିକ୍ଷା, ଦକ୍ଷତା ବିକାଶ ଓ ଉଦ୍ୟମିତା ମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ।ଶ୍ରୀ ପ୍ରଧାନ ପତ୍ରରେ ଉଲ୍ଲେଖ କରିଛନ୍ତି ଯେ ଦେଶରେ ଧାନ ଉତ୍ପାଦନ କରିବାରେ ଓଡ଼ିଶା ହେଉଛି ଚତୁର୍ଥ ବୃହତ୍ତମ ରାଜ୍ୟ । ଖରିଫ ବିପଣନ ଋତୁ ୨୦୨୩-୨୪ ରେ ଧାନ ସଂଗ୍ରହ ଆରମ୍ଭ ହୋଇସାରିଛି ।



ଚଳିତ ଥର ଓଡ଼ିଶାରେ ଭଲ ଅମଳ ହୋଇଥିବା କାରଣରୁ ରାଜ୍ୟରୁ ମୋଟ ପ୍ରାୟ ୭୯ ଲକ୍ଷ ମେଟ୍ରିକ ଟନ୍ ଖରିଫ ଚାଉଳ ସଂଗ୍ରହ କରାଯିବା ନେଇ ଆକଳନ କରାଯାଇଛି । ସର୍ବନିମ୍ନ ସହାୟକ ମୂଲ୍ୟ ବା ଏମଏସପି ସାହାଯ୍ୟରେ ଓଡ଼ିଶାର ଲକ୍ଷାଧିକ ଚାଷୀମାନେ ଧାନ ସଂଗ୍ରହ ମାଧ୍ୟମରେ ଭଲ ଲାଭ ପାଇବା ନେଇ ଆଶା ରଖିଛନ୍ତି ।ପ୍ରାରମ୍ଭିକ ଆବଣ୍ଟନରେ କେନ୍ଦ୍ର ସରକାର ୨୦୨୩-୨୪ ଖରିଫ ବିପଣନ ଋତୁରେ ୪୪.୨୮ ଲକ୍ଷ ମେଟ୍ରିନ ଟନ୍ ଚାଉଳ କିଣିବା ନେଇ ଲକ୍ଷ୍ୟ ଧାର୍ଯ୍ୟ କରିଛନ୍ତି । ତେବେ ଏନ୍‌ଏଫ୍‌ଏସ୍‌ଏ, ଏସଏଫଏସଏ ଏବଂ ଅନ୍ୟାନ୍ୟ କଲ୍ୟାଣମୂଳକ ଯୋଜନା ପାଇଁ ଓଡ଼ିଶା ସରକାରଙ୍କ ନିଜସ୍ୱ ଚାଉଳର ଆବଶ୍ୟକତା ପୂରଣ କରିବା ବ୍ୟତୀତ ପର୍ଯ୍ୟାପ୍ତ ପରିମାଣର ଉଷୁନା ଚାଉଳ ବଳକା ରହିଯାଇପାରେ । ଏହି ବଳକା ଚାଉଳ ଏଫସିଆଇ ଦ୍ୱାରା ଉଠାଣ ହେବାର ଆବଶ୍ୟକତା ରହିଛି ।ଓଡ଼ିଶାରୁ ୨୦୨୩-୨୪ ଖରିଫ ବିପଣନ ଋତୁରେ ଓଡ଼ିଶାରୁ ଅତିରିକ୍ତ ୧୦ ଲକ୍ଷ ମେଟ୍ରିକ୍ ଟନ ଉଷୁନା ଚାଉଳ ସଂଗ୍ରହ କରିବା ପାଇଁ ଏଫସିଆଇକୁ ନିର୍ଦ୍ଦେଶ ଦେବା ପାଇଁ ବିଭାଗୀୟ ମନ୍ତ୍ରୀ ଶ୍ରୀ ଗୋୟଲଙ୍କୁ ଅନୁରୋଧ କରିଛନ୍ତି କେନ୍ଦ୍ରମନ୍ତ୍ରୀ । ଓଡ଼ିଶାର ଚାଷୀଙ୍କ ଜୀବନଜୀବିକାକୁ ସୁରକ୍ଷିତ ରଖିବା ପାଇଁ ଏହି ପଦକ୍ଷେପ ବିଶେଷ ସହାୟକ ହେବ । ବିଶେଷ ଭାବରେ ଯେଉଁମାନେ ଧାନ ଚାଷରେ ନିର୍ଭରଶୀଳ, ଏହା ଦ୍ୱାରା ସେମାନେ ଉପକୃତ ହୋଇପାରିବେ ବୋଲି ଶ୍ରୀ ପ୍ରଧାନ କହିଛନ୍ତି ।

## ମହାରାଷ୍ଟ୍ର ବାଚସ୍ପତିଙ୍କ ସମେତ ୧୪ ବିଧାୟକଙ୍କୁ ନୋଟିସ୍ ପଠାଇଲେ ବମ୍ବେ ହାଇକୋର୍ଟ

ନୂଆଦିଲ୍ଲୀ,୧୭।୧(ପି.ଏନ): ମାହାରାଷ୍ଟ୍ର ବିଧାନସଭା ବାଚସ୍ପତିଙ୍କ ସମେତ ୧୪ ଜଣ ବିଧାୟକଙ୍କୁ ନୋଟିସ୍ ପଠାଇଲେ ବମ୍ବେ ହାଇକୋର୍ଟ। ନୋଟିସ୍ ହୋଇଥିବା ସମସ୍ତ ବିଧାୟକ ଶିବସେନା (ୟୁବିଟି) ଗୋଷ୍ଠୀର ।ଏହି ବିଧାୟକମାନଙ୍କୁ ଅଯୋଗ୍ୟ ଘୋଷଣା ନ କରିବାକୁ ବାଚସ୍ପତିଙ୍କ ନିର୍ଦ୍ଦେଶ ପରେ ବିବାଦ ସୃଷ୍ଟି ହୋଇଥିଲା ।ମୁଖ୍ୟମନ୍ତ୍ରୀ ଏକନାଥ ସିନ୍ଦେଙ୍କ ଶିବସେନା ଗୋଷ୍ଠୀର ମୁଖ୍ୟ ସଚେତକ ଭରତସେଟ ଗୋଗାୱେଲ ବାଚସ୍ପତିଙ୍କ ନିର୍ଦ୍ଦେଶକୁ ଚ୍ୟାଲେଞ୍ଜ କରି ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ।



ବମ୍ବେ ହାଇକୋର୍ଟ ଆଜି ଏହି ଆବେଦନ ଉପରେ ବିଚାର କରି ବାଚସ୍ପତି ରାହୁଲ ନରୱେକରଙ୍କୁ ନେଟିସ୍ କରିଛନ୍ତି। ଏଥିସହ ଉଧବ ଠାକେରଙ୍କ ଗୋଷ୍ଠୀର ୧୪ ଜଣ ବିଧାୟକଙ୍କୁ କାରଣଦର୍ଶାଅ ନୋଟିସ୍ ଜାରି କରିଛନ୍ତି।୨୦୨୨ରେ ଦଳ ବିଭାଜିତ ହେବା ପରେ ପରସ୍ପରର ବିଧାୟକଙ୍କୁ ଦଳ ବିରୋଧୀ ଆଇନ ଅନୁଯାୟୀ ଅଯୋଗ୍ୟ ଘୋଷଣା କରିବାକୁ ଦାବି ହୋଇଥିଲା।






# ଟି ଟାଇମ୍

## ମୋକ୍ଷ ପାଇଁ ଦ୍ୱିତୀୟ ଥର ଅନ୍ତିମ ସଂସ୍କାର

ତାମିଲନାଡୁର ପୂର୍ବତନ ମୁଖ୍ୟମନ୍ତ୍ରୀ ଜୟଲଳିତାଙ୍କ ମୃତ୍ୟୁପରେ ଏବେ ତାଙ୍କ ପରିବାର ଲୋକେ ଧିରେଧିରେ ଆଗକୁ ଆସୁଛନ୍ତି। ଜୟଲଳିତାଙ୍କୁ କବର ଦିଆଯାଇଥିବାର ବିରୋଧ କରି ସେମାନେ ମୋକ୍ଷ ନିମନ୍ତେ ଦ୍ୱିତୀୟ ଥର ପାଇଁ ଅନ୍ତିମ ସଂସ୍କାର କାର୍ଯ୍ୟ କରାଇଛନ୍ତି। ମଙ୍ଗଳବାର ଦିନ ସମ୍ପୂର୍ଣ୍ଣ ହିନ୍ଦୁ ରୀତିନୀତି ଅନୁସାରେ ମୋକ୍ଷ ପ୍ରାପ୍ତି ପାଇଁ ଶ୍ରୀରଙ୍ଗପଟ୍ଟନମର କାବେରୀ ନଦୀ କୂଳରେ ଦାହ ସଂସ୍କାର କରାଯାଇଥିଲା। ମୁଖ୍ୟ ପୂଜାରୀ ରଙ୍ଗନାଥ ଲଙ୍ଗର ଏହି କାର୍ଯ୍ୟକ୍ରମ ସମ୍ପର୍ଣ୍ଣ କରିଥିଲେ। ଦାହ ସଂସ୍କାରରେ ଜୟଲଳିତାଙ୍କ ଶବ ସ୍ଥାନରେ ଏକ କଣ୍ଢେଇକୁ ତାଙ୍କ ପ୍ରତିକୃତି ଭାବେ ଗ୍ରହଣ କରି ଦାହ କରାଯାଇଥିଲା। ଆସନ୍ତା ୫ଦିନ ପର୍ଯ୍ୟନ୍ତ ବାକି ଅନ୍ୟ ରୀତିନୀତି କରାଯିବ ବୋଲି କୁହାଯାଉଛି। ଏ ସମ୍ପର୍କରେ ଜୟଲଳିତାଙ୍କ ସମ୍ପର୍କୀୟ ଭାଇ ବରଦରାଜୁ କହିଛନ୍ତି ଯେ ଦଳ ପକ୍ଷରୁ ଯେଭଳି ଭାବେ ତାଙ୍କର ଶେଷ କୃତ୍ୟ କରାଗଲା ତାହା ଆଦୌ ଗ୍ରହଣୀୟ ନୁହେଁ। କ'ଣ ପାଇଁ ତାଙ୍କୁ ପୋତାଗଲା ଏବଂ କ'ଣ ପାଇଁ ଶେଷ କୃତ୍ୟ ସମୟରେ ପରିବାର ଲୋକଙ୍କୁ ଦୂରେଇ ରଖାଗଲା ତାହାର କାରଣ ଦଳ ସାର୍ବଜନୀନ କରିବା ଦରକାର। ଆମେ ପରିବାର ଲୋକେ ଏହାକୁ ବିରୋଧ କରି ଏଭଳି ଶେଷ କୃତ୍ୟ ସମ୍ପର୍ଣ୍ଣ କରିବାର ନିଷ୍ପତ୍ତି ନେଇଛୁ।

## ବିଶ୍ୱର ସବୁଠାରୁ ମହଙ୍ଗା ସୁଇଟର



ଏଜେନ୍ସୀ : ନ୍ୟୁୟର୍କ ଆମେରିକାରେ ତିଆରି ହୋଇଛି ବିଶ୍ୱର ସବୁଠାରୁ ମହଙ୍ଗା ସୁଇଟର। ଖ୍ରୀଷ୍ଟମାସ ପାଇଁ ବିଶେଷ ଭାବେ ଏହାକୁ ତିଆରି କରାଯାଇଥିଲା ବେଳେ ଏଥିରେ ଲଗାଯାଇଛି ଦାମି ହୀରା। ଏକ ଅନ୍‌ଲାଇନ୍ ଷ୍ଟୋରରେ ବିକ୍ରି ପାଇଁ ଉପଲବ୍ଧ ହେଉଥିବା ଏହି ସୁଇଟରର ମୂଲ୍ୟ ହେଉଛି ୨୦ଲକ୍ଷ ଟଙ୍କା। ଏହାକୁ ବିଶ୍ୱର ସବୁଠାରୁ ଦାମି ସୁଇଟରର ମାନ୍ୟତା ପ୍ରଦାନ କରାଯାଇଛି। ଏହି ଖ୍ରୀଷ୍ଟମାସ ସୁଇଟରରେ ସାନ୍ତାକ୍ଲଜର ଫଟୋ ଥିଲାବେଳେ ଲାଗିଛି ୨୪ହଜାରରୁ ଅଧିକ ହୀରା। ସୁଇଟର ତିଆରି କରୁଥିବା କମ୍ପାନୀ ଟିପ୍ସି ଏଲ୍‌ବେକ୍ସ ପକ୍ଷରୁ କୁହାଯାଇଛି ଯେ କ୍ରିଷ୍ଟାଲ ଓ ହୀରାରେ ପ୍ରସ୍ତୁତ ହୋଇଥିବା ଏହି ସୁଇଟରକୁ ତିଆରି ପାଇଁ ଲାଗିଥିଲା ୫୨ଘଣ୍ଟା।

ବଲିଉଡରେ ଯେତେସବୁ ଅଭିନେତା ରହିଛନ୍ତି ସେମାନଙ୍କ ମଧ୍ୟରୁ ସବୁଠାରୁ ସେକ୍ସି ପୁରୁଷ ହେଉଛନ୍ତି ହ୍ରିତିକ ରୋଶନ। ଏକଥା ଆମେ କହୁଁ ନାହୁଁ ଇଂଲଣ୍ଡର ଏକ ମାଗାଜିନ୍ ପକ୍ଷରୁ ହୋଇଥିବା ସର୍ଭେର ରିପୋର୍ଟ କହୁଛି। ଇଂଲଣ୍ଡର ଏହି ପ୍ରମୁଖ ମାଗାଜିନ୍ ପକ୍ଷରୁ ପ୍ରତିବର୍ଷ ପୂରା ଏସିଆ ମହାଦେଶର ସେକ୍ସିଏଷ୍ଟ ପୁରୁଷଙ୍କର ତାଲିକା ପ୍ରକାଶ କରାଯାଇଥାଏ। ଚଳିତବର୍ଷର ତାଲିକାରେ ଦ୍ୱିତୀୟ ସ୍ଥାନରେ ରହିଛନ୍ତି ହ୍ରିତିକ। କିନ୍ତୁ ବଲିଉଡର ସମସ୍ତ ହିରୋଙ୍କୁ ପଛରେ ପକାଇ ଦେଇଛନ୍ତି। ପ୍ରଥମ ସ୍ଥାନରେ ରହିଛନ୍ତି ହଲିଉଡ ସିଙ୍ଗର ଜୈନ ମଲ୍ଲିକ। ଏହି ତାଲିକାରେ ପାକିସ୍ତାନୀ ଅଭିନେତା ଫୱାଦ ତୃତୀୟ ସ୍ଥାନରେ ରହିଥିବା ବେଳେ ସଲମାନ ୫ମ, ଶାହିଦ ୭ମ ଏବଂ ରଣବୀର ସିଂହ ୧୦ମ ସ୍ଥାନରେ ରହିଛନ୍ତି। ଫିଲ୍ମ ଜଗତରେ ପ୍ରବେଶ ପରଠାରୁ ହିଁ ହ୍ରିତିକ ହଟ୍ ସେଲିବ୍ରିଟି ମାନଙ୍କ ମଧ୍ୟରେ ସାମିଲ ହୋଇଥିଲେ। କିଛିଦିନ ପୂର୍ବରୁ ସବୁଠାରୁ ହ୍ୟାଣ୍ଡସମ୍ ପୁରୁଷ ତାଲିକାରେ ମଧ୍ୟ ତୃତୀୟ ସ୍ଥାନରେ ରହିଥିଲେ ସେ। ସର୍ବଦା ନିଜର ଗ୍ଲାମରସ୍ ଲୁକ୍ ପାଇଁ ଦର୍ଶକଙ୍କ ପ୍ରଶଂସାର ପାତ୍ର ହୋଇଛନ୍ତି ହ୍ରିତିକ।




# ପୁରାଣ କାହାଣୀ

## ମନ୍ଥରାଙ୍କ କୁମନ୍ତ୍ରଣା



ରାମଙ୍କ ଶିବଧନୁ ଭଙ୍ଗା କଲାପରେ ସତାଙ୍କୁ ଓ ଲକ୍ଷ୍ମଣ ଉର୍ମିଳାଙ୍କୁ ବିବାହ କରିବା ପରେ ଭାରତ ମାଣ୍ଡବୀଙ୍କୁ ଏବଂ ଶତୃଘ୍ନ ଶୃତକୀରଟିଙ୍କୁ ବିବାହ କଲେ। ଏହିପରି ଭାବରେ ରାଜା ଜନକଙ୍କ ପୁତ୍ରୀ ଓ ରାଜା ଦଶରଥଙ୍କ ପୁତ୍ରମାନେ ବିବାହ ମହା ଆଡମ୍ବରରେ ସମାହିତ ହେବା ପରେ ସମସ୍ତେ ବିଦାୟ ନେଇ ଫେରିବା ବାଟରେ ପ୍ରଭୁ ପର୍ଶୁରାମ ରାମଙ୍କ ବାଟ ଓଗାଳିଥିଲା ପରେ ରାମ ନିଜେ ପରମବ୍ରହ୍ମଙ୍କ ଅବତାର ଜାଣି କ୍ଷମା ପାର୍ଥନା କରିଥିଲେ ଓ ବାଟ ଛାଡି ଦେଇଥିଲେ। 1ରମ ସିତାଙ୍କର ବିବାହର କିଛି କାଳ ପରେ ବୃଦ୍ଧ ଦଶରଥ ରାମଙ୍କ ହାତରେ ରାଜ୍ୟଭାର ସମର୍ପି ଦେବାକୁ ଇଚ୍ଛା ପ୍ରକଟ କଲେ। ଏ ଖବର ଜାଣି କୋଶଳର ପ୍ରଜା ତଥା ରାଜାଙ୍କ ପାରିଷଦ ବୃନ୍ଦ ଅତ୍ୟନ୍ତ ଆନନ୍ଦିତ ହେଲେ। ହେଲେ ଏକଥା ଶୁଣି କୈକେୟୀଙ୍କ ଦାସୀ ମନ୍ଥରା କୈକେୟୀଙ୍କୁ କୁମନ୍ତ୍ରଣା ଦେବାକୁ ଆରମ୍ଭ କଲେ। ମନ୍ଥରା କଥାରେ କୈକେୟୀ ରାଜା ଦଶରଥଙ୍କୁ ଏକଦା ପ୍ରତିଜ୍ଞା କରିଥିବା ଦୁଇଟି ବର ପ୍ରଦାନ କରିବା ଛଳରେ ଏହି ଦୁଇ ମର ମାଗିଲେ ଯେ, ରାମ ବାର ବର୍ଷ ପାଇଁ ବନବାସ କରିବାକୁ ଯିବେ ଓ ତାଭ୍‌କ ପୁତ୍ର ଭରତ ରାଜା ହେବେ। ରାଜା ଦଶରଥ ଅତିଶୟ ଦୁଃଖରେ ତାଙ୍କ ସତ୍ୟ ରକ୍ଷା କଲେ।

## ଆନ୍ଧ୍ରନାଟ୍ୟମର କଳାକ୍ରିଷ୍ଣା



ଆନ୍ଧ୍ର ନାଟ୍ୟମର ଆଗଧାଡିର କଳାକାର ହେଉଛନ୍ତି କଳାକ୍ରିଷ୍ଣା । ସେ ପୁରୁଷ ହୋଇଥିଲେ ମଧ୍ୟ ମହିଳାଙ୍କ ବେଶରେ ମଞ୍ଚରେ ଦର୍ଶକଙ୍କୁ ମନ୍ତ୍ରମୁଗ୍ଧ କରି ଦିଅନ୍ତି । ଦର୍ଶକ ମଧ୍ୟ ଏହି କଳାକାରଙ୍କ ନୃତ୍ୟରେ ଆନନ୍ଦ ପାଆନ୍ତି । ସେ ଯେତେବେଳେ ମଞ୍ଚକୁ ଆସନ୍ତି ଦର୍ଶକ ତାଙ୍କୁ କରତାଳିରେ ସ୍ୱାଗତ କରନ୍ତି । ନୃତ୍ୟ ଶେଷରେ ମଧ୍ୟ ଦର୍ଶକମାନେ କରତାଳି ବର୍ଷାରେ ତାଙ୍କୁ ବିଦାୟ ଦିଅନ୍ତି । ଆନ୍ଧ୍ରନାଟ୍ୟମ ଆନ୍ଧ୍ରପେଦଶର ଏକ ମନ୍ଦିରରୁ ଆସିଛି । ଏହି ନୃତ୍ୟ ସ୍ଥାନୀ କଳା ଓ ସଂସ୍କୃତିର ଝଲକ ଦେଖିବାକୁ ମିଳେ । କଳାକ୍ରିଷ୍ଣା ମଧ୍ୟ ସ୍ଥାନୀ କଳା, ସଂସ୍କୃତି ଓ ଐତିହ୍ୟକୁ ତାଙ୍କ ନୃତ୍ୟ ମାଧ୍ୟମରେ ନିଖୁଣ ଭାବେ ପ୍ରାର୍ଧାନ କରି ଦେଶ ବିଦେଶରେ ସୁନାମ ଅର୍ଜନ କରିଛନ୍ତି । ସେ ପୁରାଣ ଯୁଗୀ ସତ୍ୟଭାମାଙ୍କ ଚରିତ୍ରକୁ ଦର୍ଶକଙ୍କ ପାଖରେ ପ୍ରଦର୍ଶନ କରିଥାଆନ୍ତି । କୃଷ୍ଣ ଏବଂ ସତ୍ୟଭାମାଙ୍କ ଭିତରେ ଗଢ଼ି ଉଠିଥିବା ସମ୍ପର୍କକୁ ସେ ନୃତ୍ୟ ମାଧ୍ୟମରେ ଭଲଭାବେ ପ୍ରଦର୍ଶନ କରୁଥିବାରୁ ତ ଆନ୍ଧ୍ର ନାଟ୍ରମରେ ତାଙ୍କର ଏକ ସ୍ୱତନ୍ତ୍ରତା ରହିଛି । ପୁଷ୍ପାଞ୍ଜଳୀରୁ କାର୍ଯ୍ୟକ୍ରମରୁ କଳାକ୍ରିଶଣା ନୃତ୍ୟ ଆରମ୍ଭ କରନ୍ତି । ଏହି ପରମ୍ପରା ପ୍ରଥମେ ଦେବଦାସୀ କରୁଥିଲେ ଭଗବାନ କୃଷ୍ଣଙ୍କ ପାଖରେ । ଦେବଦାସୀଙ୍କ ପଦାଙ୍କ ଅନୁସରଣ କରି କଳାକ୍ରିଷ୍ଣା ଏଭଳି ପ୍ରଦର୍ଶନ କରୁଥିବା ଜଣାପଡିଛି । ବିଶେଷ କରି ଜଣେ ପୁରୁଷ ହୋଇ ନାରୀ ବେଶରେ ନୃତ୍ୟ କରୁଥିବାରୁ ତାଙ୍କର ସ୍ୱତନ୍ତ୍ର କହିଲେ ନସରେ । ତାଙ୍କ ୬୦ ବର୍ଷ ଛୁଇଁଥିଲେ ବି ନୃତ୍ୟ ପ୍ରଦର୍ଶନରେ ସେ କେବେ କ୍ଲାନ୍ତ ଅନୁଭବ କରି ନାହାନ୍ତି ।

## ଦୁଦୁରା ଫୁଲର ଔଷଧୀୟ ଗୁଣ


ଶ୍ରାବଣ ମାସରେ ମହାଦେବଙ୍କଠାରେ ବିଲ୍ୱପତ୍ର, ଦୁଦୁରା ଏବଂ କ୍ଷୀର ଚଢ଼ାଇବାର ବିଶେଷ ମହତ୍ତ୍ୱ ରହିଛି । ଦୁଦୁରା ପୁଷ୍ପର ବିଶେଷତା ଓଉପଯୋଗ ଅଧିକ । ଆୟୁର୍ବେଦରେ ଦୁଦୁରାକୁ ବିଷ ବର୍ଗରେ ରଖା ଯାଇଛି । ଏହାର ବୀଜକୁ ଔଷଧ ରୂପେ ରଖାଯାଏ । ଅଧ ଲିଟର ସୋରିଷ ତେଲରେ ଦୁଦୁରା ପତ୍ରର ରସ ମିଶାଇ ଗରମ କରି ମୁଣ୍ଡରେ ଲଗାଇଲେ ଉକୁଣି ଲୋପ ପାଇଯାଇଥାଏ । ଦୁଦୁରା ପତ୍ରର ରସକୁ ସାମାନ୍ୟ ଗରମ କରି ଗଣ୍ଠି ସ୍ଥାନରେ ଲଗାଇ ପଟି ବାନ୍ଧି ରଖିଲେ ବିନ୍ଧାବିନ୍ଧି ଦୂର ହୋଇଯାଇ ଥାଏ । ଦୁଦୁରା ଗଛର ପତ୍ର, ଫୁଲ, ଫଳ, ତ୍ୱକ ଏବଂ କାଣ୍ଡର ରସକୁ ମିଶାଇ ରାଶି ତେଲରେ ପକାଇ ଗରମ କରି କାନରେ ପକାଇଲେ କାନ ପରିଷ୍କାର ହେବା ସହ କାନ ପିଡା କମିଯାଏ । ଦୁଦୁରା ମଞ୍ଜିର ପୋଡା ଅଂଶକୁ ଜ୍ୱର ସମୟରେ ଶରୀରରେ ଲଗାଇଲେ ଜ୍ୱର କମ ହୋଇ ଯାଇଥାଏ । ଦୁଦୁରା ଫଳର ଚୁର୍ଣ୍ଣକୁ ଅଧା ଚାମଚ ଗୁଆ ଘିଅ ଓ ମହୁ ସହ ମିଶାଇ ପ୍ରତିଦିନ ସେବନ କଲେ ସ୍ତ୍ରୀ ମାନଙ୍କର ପ୍ରସବ ଠିକ ସମୟରେ ହୋଇଥାଏ ।

## ମୋବାଇଲ ଗେମ ଶରୀର ପାଇଁ କ୍ଷତିକାରକ

ସ୍ମାର୍ଟ୍ ଫୋନ୍‌ରେ ବିଭିନ୍ନ ପ୍ରକାର ଗେମ୍ ଖେଳୁଥିବା ବ୍ୟକ୍ତି ଏବେ ସାବଧାନ ହୋଇଯାନ୍ତୁ । ଅଧିକାଂଶ ସମୟ ଦେଖିବାକୁ ମିଳେ ଯୁବପିଢ଼ି କ୍ୟାଣ୍ଡିକ୍ରସ୍ ଗେମ୍ ଖେଳିବାରେ ନିଜକୁ ଘଣ୍ଟା ଘଣ୍ଟା ଧରି ବ୍ୟସ୍ତ ରଖିଥାନ୍ତି । ଏପରିକି କେଉଁଠିକୁ ଯାତ୍ରା କରୁଥିବା ସମୟରେ, ସେ ଟ୍ରେନ୍ ହେଉ କିମ୍ବା ବସ୍ କ୍ୟାଣ୍ଡିକ୍ରସ୍‌ରେ ବ୍ୟସ୍ତ ରହିଥିବା ଲୋକମାନଙ୍କୁ ଦେଖିବାକୁ ମିଳେ । କିନ୍ତୁ କ'ଣ କେବେ ଭାବିଛନ୍ତି ଆପଣଙ୍କ ଏହି ଗେମ୍ ଖେଳିବାର ଅଭ୍ୟାସଟି ଆପଣଙ୍କ ପାଇଁ କ୍ଷତିକାରକ ସାବ୍ୟସ୍ତ ହେବ ? ନିକଟରେ ଆମେରିକାର କାଲିଫର୍ଣ୍ଣିଆରେ ଜଣେ ୨୯ବର୍ଷୀୟ ବ୍ୟକ୍ତି କ୍ୟାଣ୍ଡିକ୍ରସ ଖେଳିବାରେ ଏତେ ଅଭ୍ୟସ୍ତ ଥିଲେ ଯେ, ଘଣ୍ଟା ଘଣ୍ଟା ସମୟ କିପରି ଚାଲିଯାଉଥିଲା ସେ ଜାଣିପାରୁନଥିଲେ । ଅନେକ ସମୟ ଖେଳିବା ଦ୍ୱାରା ତାଙ୍କ ଆଙ୍ଗୁଠିରେ ରହିଥିବା ଟିସୁଟି ଫାଟିଯାଇଥିଲା । ଡାକ୍ତରଙ୍କ କହିବା ଅନୁସାରେ ବର୍ତ୍ତମାନ ଆଙ୍ଗୁଠିର ଅସ୍ତ୍ରୋପଚାର କରାଯିବ । ଅତ୍ୟଧିକ ଗେମ୍ ଖେଳିବା ଫଳରେ ସ୍ୱାସ୍ଥ୍ୟ ସମସ୍ୟା ସୃଷ୍ଟି ହୋଇପାରେ । ଯଦି ଗେମ୍ ଖେଳିବାର ଅଧିକ ସଉକ ଅଛି ତେବେ ପ୍ରତିଦିନ ଅଧ ଘଣ୍ଟାର ସମୟ କେବଳ ମୋବାଇଲ ଗେମ୍‌କୁ ଦିଅନ୍ତୁ । ଯେପରି ଏହାର କୌଣସି ଖରାପ ପ୍ରଭାବ ଆପଣଙ୍କ ଶରୀର ଉପରେ ନପଡ଼େ ।

## 'କର୍ଫି'ର ଚିତ୍ରକର ଅମିତା

ପିଲାଦିନରୁ ଶ୍ରବଣଶକ୍ତି ହରାଇଥିବା ଅମିତା କେବେ ବି ଏହାକୁ ନିଜ ସଫଳତାର ରାସ୍ତାରେ ବାଧକ ସାଜିବାକୁ ଦେଇନାହାନ୍ତି। ବାପା ମା' ମଧ୍ୟ ଝିଅଙ୍କୁ ଆଗକୁ ବଢିବା ପାଇଁ ଖୁବ୍ ପ୍ରେରଣା ଦେଇଛନ୍ତି। ସାଧାରଣ ସ୍କୁଲରେ ପଢିବାର ସୁଯୋଗ ନ ମିଳିବାରୁ ନ୍ୟାସନାଲ ଇନଷ୍ଟିଚ୍ୟୁଟ ଅଫ୍ ଓପନ ସ୍କୁଲିଂ ଅଧିନରୁ ସ୍କୁଲ ଶିକ୍ଷା ଶେଷ କରିଥିଲେ। ଏହାପରେ ଦିଲ୍ଲୀ ମହିଳା ପଲିଟେକନିକ୍‌ରେ ଦାଖଲା ନେଇଥିଲେ ଇଣ୍ଟିରିୟର ଡିଜାଇନ କୋର୍ସରେ। ତିନିବର୍ଷର ଏହି କୋର୍ସ ଶେଷ କରିବାର କିଛିବର୍ଷ ମଧ୍ୟରେ ତାଙ୍କର ବିବାହ ହୋଇଥିଲା ଗୋରେଗାଓଁର ଚାରୁ ଦତ୍ତଙ୍କ ସହ। ଚାରୁ ମଧ୍ୟ ଅମିତାଙ୍କ ପରି ଶ୍ରବଣଶକ୍ତିହୀନ ଥିଲେ। କିଛିବର୍ଷ ମଧ୍ୟରେ ନିନାଦ ଓ ଧ୍ୱନ ନାମରେ ଦୁଇଟି ସନ୍ତାନ ହୋଇଥିଲେ ତାଙ୍କର। ପରିବାରର ଦାୟିତ୍ୱ ତୁଲାଉ ତୁଲାଉ ଅମିତାଙ୍କ ଚିତ୍ରଶିଳ୍ପୀର ପ୍ରତିଭା ଲୁଚି ଯାଉଥିଲା। ଯାହାକି ପିଲାଦିନରୁ ତାଙ୍କ ଭିତରେ ରହିଥିଲା। କୁହାଯାଏ ପ୍ରତିଭା ଦିନେ ନା ଦିନେ ବିକଶିତ ହୋଇଥାଏ। ଆଉ ଅମିତାଙ୍କ ପ୍ରତିଭାକୁ ବିକଶିତ କରିବାରେ ସହଯୋଗର ହାତ ବଢାଇଥିଲେ ତାଙ୍କ ଶାଶୂ ମା'। ତାଙ୍କ ପ୍ରେରଣା ପାଇ ଅମିତା ଗୋରେଗାଓଁର ସାବିତ୍ରୀ ପଲିଟେକନିକ୍ ରେ ଆର୍ଟ ଆଣ୍ଡ କ୍ରାଫ୍ଟରେ ଡିପ୍ଲୋମାରେ ନାମ ଲେଖାଇଥିଲେ। ଏଥିରେ ନାମ ଲେଖାଇବା ଯେପରି ତାଙ୍କ ସଫଳତାର ପ୍ରଥମ ପାହାଚ ଥିଲା। ଗୋଟିଏ ଦିନ କଲେଜରୁ ଫେରି ସେ ତାଙ୍କ ଶାଶୂ ମା'ଙ୍କୁ ନିଜର ଏକ ପେଣ୍ଟିଂ ଦେଖାଇଥିଲେ। ଯାହାକୁ ଦେଖିବା ପରେ ହତବାକ୍ ହୋଇଯାଇଥିଲେ ତାଙ୍କ ଶାଶୂମା'। କାରଣ ସେହି ପେଣ୍ଟିଂ ଟି କୌଣସି ରଙ୍ଗରେ ନୁହେଁ ବରଂ ସମ୍ପୂର୍ଣ୍ଣ ଭାବେ ପ୍ରସ୍ତୁତ ହୋଇଥିଲା କର୍ଫିରେ। ବୋହୂର ଏପରି ନିଆରା ପ୍ରତିଭାରେ ଖୁସି ହୋଇଯାଇଥିଲେ ଶାଶୂ ମା' ଏବଂ ଆଗକୁ ବଢିବା ପାଇଁ ଦେଇଥିଲା ପ୍ରେରଣା। ତା'ପରଠାରୁ ଅମିତା କର୍ଫିରେ ଆଙ୍କି ଚାଲିଲେ ଅନେକ ଚିତ୍ର। ନିଜ ଚତୁଃପାର୍ଶ୍ୱରୁ ହିଁ ଅମିତାଙ୍କୁ ମିଳିଯାଏ ବିଷୟବସ୍ତୁ। ଯେପରିକି ଅଟୋ, ରିକ୍ସା, ରେସିଂ କାର୍ ଇତ୍ୟାଦିକୁ ନିଜ ଅଙ୍କନ ମାଧ୍ୟମରେ ଏକ ଭିନ୍ନ ରୂପ ଦେଇଥାନ୍ତି ଅମିତା। ଗଛ ଓ ଶୁଆ ପ୍ରତି ତାଙ୍କର ରହିଛି ଅଧିକ ଭଲପାଇବା। ଯାହାକୁ ନେଇ ସେ ଅଙ୍କନ କରିଛନ୍ତି ଅନେକ ଚିତ୍ର। କେବଳ ଏତିକି ନୁହେଁ ଜାତିର ପିତା ମହାତ୍ମା ଗାନ୍ଧୀ ଏବଂ ଚାର୍ଲି ଚାପଲିନଙ୍କ ପରି ବ୍ୟକ୍ତିଙ୍କର ମଧ୍ୟ ଅନେକ ଚିତ୍ର ଆଙ୍କିଛନ୍ତି। କର୍ଫିରେ ଚିତ୍ର ଅଙ୍କନ କରିବା ପାଇଁ ଅମିତାଙ୍କୁ କରିବାକୁ ପଡିଥାଏ ଅନେକ ପରିଶ୍ରମ। ମାତ୍ର ପରିଶ୍ରମ କରିବାରେ କେବେ ବି ହେଳା କରନ୍ତି ନାହିଁ ଅମିତା। ଧୀରେ ଧୀରେ ତାଙ୍କର ଏହି ପ୍ରତିଭା ଅର୍ଥ ରୋଜଗାରର ମାଧ୍ୟମ ବନିଗଲା। ବିଭିନ୍ନ ସହରରେ ପ୍ରଦର୍ଶନୀ କରି ପେଣ୍ଟିଂ ବିକ୍ରି କରିବାକୁ ଆରମ୍ଭ କଲେ ସେ। ତାଙ୍କ ପେଣ୍ଟିଂ ଗୁଡିକ ବିଦେଶୀ ପର୍ଯ୍ୟଟକଙ୍କ ଦ୍ୱାରା ମଧ୍ୟ ଆଦୃତ ହୋଇଥିଲା। ବିଦେଶର ଅନେକ କାର୍ଯ୍ୟକ୍ରମରେ ଅମିତାଙ୍କ ପେଣ୍ଟିଂ ପାଇଁ ଏକ ସ୍ୱତନ୍ତ୍ର ସ୍ଥାନ ମଧ୍ୟ ରହିଲା। ତାଙ୍କର ଏହି ସଫଳତା ପାଇଁ ୨୦୧୩ରେ ତାଙ୍କୁ ଶ୍ରେଷ୍ଠ ଆତ୍ମନିର୍ଭରଶୀଳ ଭିନ୍ନକ୍ଷମ ପାଇଁ ଜାତୀୟ ପୁରସ୍କାର ମଧ୍ୟ ମିଳିସାରିଛି। ଅମିତାଙ୍କ ଶାରୀରିକ ଅକ୍ଷମତା କେବେ ବି ତାଙ୍କୁ ଅସହାୟ କରିନାହିଁ। ତାଙ୍କ କହିବାନୁଯାୟୀ, ମଣିଷର ଦୃଢମନା ହିଁ ତାଙ୍କୁ ସମସ୍ତ ସମସ୍ୟାର ସମ୍ମୁଖୀନ ହେବା ପାଇଁ ସାହସ ଦେଇଥାଏ।






# ଆଜିର ଭାଗ୍ୟ

**ମେଷ** — କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭ୍ରାତୃ ସମ୍ପର୍କ ବୃଦ୍ଧି ପାଇବ।

**ବୃଷ** — ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ମିଥୁନ** — କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**କର୍କଟ** — ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ତି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ସିଂହ** — ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**କନ୍ୟା** — ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭ୍ରାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ତୁଳା** — ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଈର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**ବିଛା** — ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ଧନୁ** — ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

**ମକର** — କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**କୁମ୍ଭ** — ଯେତେ ତ୍ୟାଗ ସ୍ୱିକାର କଲେ ମଧ୍ୟ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**ମୀନ** — କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

## ଡାଲିଜାତୀୟ ଫସଲ

ଛୁଇଁ ୮୦-୮୫ ଭାଗ ପାକଳ ହୋଇଗଲେ ଅମଳ କରି ଦିଅନ୍ତୁ । ଛୁଇଁ ଅଧିକ ଶୁଖି ଫାଟିଯିବା ଦ୍ୱାରା ମଞ୍ଜି ବାହାରି ବିଛାଡି ହୋଇପଡେ । ଆବଶ୍ୟକ ହେଲେ ଥରେ କିମ୍ବା ଦୁଇଥରରେ ପାକଳ ଛୁଇଁ ତୋଳି ନେଇ ସବୁଜ ଗଛକୁ ଚାଷ କରି ମାଟିରେ ମିଶାଇ ଦେବା ଭଲ । ଏହା ମାଟିକୁ ଉର୍ବର କରେ ।
-ଅମଳ ପରେ ମଞ୍ଜିକୁ ଭଲ ଭାବରେ ଖରାରେ ଶୁଖାଇ ଦିଅନ୍ତୁ । ସାଇତି ରଖିବା ବେଳକୁ ମଞ୍ଜିରେ ଶତକଡା ୧୦ଭାଗରୁ କମ୍ ଜଳୀୟଂଶ ରହିବା ଉଚିତ । ଏହି ସମୟରେ ବିହନ କି.ଗ୍ରା. ପ୍ରତି ୨ଗ୍ରାମ୍ ହିସାବରେ ସୋରିଷ ତେଲ କିମ୍ବା ରାଶି ତେଲ ଗୋଳାଇ ସାଇତି ରଖିଲେ ପୋକ ଲାଗିବା କମିଯାଏ ।




# ହୋଣ୍ଡା ମୋଟରସାଇକଲ୍ ଆଣ୍ଡ୍ ସ୍କୁଟର ଇଣ୍ଡିଆ ପକ୍ଷରୁ ପଶ୍ଚିମବଙ୍ଗରେ ନକଲି ଇନ ଅଏଲ୍ ସମସ୍ୟାର ମୁକାବିଲା ଲାଗି ବଳିଷ୍ଠ ପଦକ୍ଷେପ



ଭୁବନେଶ୍ୱର,(ପି.ଏନ):ଗ୍ରାହକମାନଙ୍କ ସ୍ୱାର୍ଥର ସୁରକ୍ଷା ଏବଂ ହୋଣ୍ଡା ବ୍ରାଣ୍ଡ୍ ପ୍ରତି ବିଶ୍ୱାସନୀୟତାକୁ ସୁଦୃଢ଼ କରିବା ଦିଗରେ ଏକ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ ସ୍ୱରୂପ ହୋଣ୍ଡା ମୋଟରସାଇକଲ୍ ଆଣ୍ଡ୍ ସ୍କୁଟର ଇଣ୍ଡିଆ (ଏଚ୍.ଏମ୍.ଏସ୍.ଆଇ) ପକ୍ଷରୁ ପଶ୍ଚିମବଙ୍ଗରେ ନକଲି ଇନ ଅଏଲ୍ ଉତ୍ପାଦନ ଓ ବଂଟନ ଉପରେ ଚଢ଼ଉ କରାଯାଇଥିଲା। କଂପାନିର ବୌଦ୍ଧିକ ସଂପତି ଟିମ୍ ତରଫରୁ କରାଯାଇଥିବା ଏହି ଚଢ଼ଉରେ କୋଲକାତାରେ ଏକ ବେଆଇନ ଯୋଗାଣ ଶୃଙ୍ଖଳ ବ୍ୟବସ୍ଥାକୁ ସଫଳତାର ସହ ନିଷ୍କ୍ରିୟ କରାଯାଇଥିଲା। କୋଲକାତା ପୋଲିସ ଓ ଅନ୍ୟାନ୍ୟ ଆଇନ ପ୍ରଣୟନକାରୀ ଏଜେନ୍ସି ସହଯୋଗରେ ଏହି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଥିଲା ଏବଂ ଏଥିରେ ନକଲି ଇନ ଅଏଲ୍ ଉତ୍ପାଦନ ଓ ବଂଟନ କରୁଥିବା ସଂସ୍ଥାଗୁଡ଼ିକୁ ନଜରରେ ରଖାଯାଇଛି। ଏହି ନକଲି ଉତ୍ପାଦଗୁଡ଼ିକ ଗାଡ଼ିର ପ୍ରଦର୍ଶନ ଓ ସୁରକ୍ଷା ପ୍ରତି ଏକ ବିପଦ ଥିଲା। ଜୋରାସାଙ୍କୋ, ମିଳମଣିମିତ୍ର ଓ ପଟିଆଟଲୋଆ ଲେନ୍ ଭଳି କୋଲକାତାର ତିନିଟି ସ୍ଥାନରେ ଏହି ଚଢ଼ଉ କରାଯିବା ସହ ନକଲି ଲୁବ୍ରିକାଂଟ, ଡ୍ରାଏ କାଷ୍ଟ ଉପକରଣ, ପ୍ରିଟିଂ ପ୍ଲେଟ୍, ପ୍ୟାକେଜିଂ ଉପକରଣ, ଲାବେଲ୍ ଏବଂ ଖାଲି କଂଟେନର ଭଳି ୮୦୦୦ରୁ ଅଧିକ ନକଲି ଉତ୍ପାଦ ଜବତ କରାଯାଇଥିଲା। ଉତ୍ପାଦର ସତ୍ୟତା ଏବଂ ଗୁଣବତା ସୁନିଶ୍ଚିତ କରିବାକୁ ଅତୁଟ ପ୍ରତିବଦ୍ଧତାର ଏହି ପଦକ୍ଷେପ। ନକଲି ଇନ୍ ଅଏଲ ସହିତ ଜଡ଼ିତ ବିପଦକୁ କଂପାନି ସ୍ୱୀକାର କରିଛି ଯାହା ଇନର କ୍ଷତି, ଇନ୍ଧନ ଦକ୍ଷତା ହ୍ରାସ ଏବଂ ନିର୍ଗମନ ବୃଦ୍ଧି କରିବା ସହ ଯାନର ନିରାପତା ଏବଂ କାର୍ଯ୍ୟଦକ୍ଷତା ସହ ବୁଝାମଣା କରିପାରେ।ବେଆଇନ ଯୋଗାଣ ଶୃଙ୍ଖଳାକୁ ବ୍ୟାହତ କରି ଏଚ୍.ଏମ୍.ଏସ୍.ଆଇ ଏହାର ଗ୍ରାହକମାନଙ୍କୁ ନକଲି ଉତ୍ପାଦର ବିପଦରୁ ରକ୍ଷା କରିବା ଏବଂ ଅସଲି ଇନ୍ ଅଏଲ୍ ବ୍ୟବହାର କରିବାର ଗୁରୁତ୍ୱକୁ ସୁଦୃଢ଼ କରିବାକୁ ଲକ୍ଷ୍ୟ ରଖିଛି। କମ୍ପାନି ଗ୍ରାହକମାନଙ୍କୁ ସତର୍କତା ଅବଲମ୍ବନ କରିବାକୁ ଅନୁରୋଧ କରୁଛି ଏବଂ ସେମାନଙ୍କ ଗାଡ଼ିର ସୁରକ୍ଷା ନିଶ୍ଚିତ କରିବା ପାଇଁ ଅଧିକୃତ ଡିଲର ଏବଂ ବିତରକଙ୍କଠାରୁ ଉତ୍ପାଦ କ୍ରୟ କରିବାକୁ ଅନୁରୋଧ କରିଛି। ଏଚଏମଏସଆଇର ଏହି ସକ୍ରିୟ ପଦକ୍ଷେପ କେବଳ ଗ୍ରାହକଙ୍କ ସୁରକ୍ଷା ପ୍ରତି ବ୍ରାଣ୍ଡର ସମର୍ପଣକୁ ଦର୍ଶାଉ ନାହିଁ ବରଂ ଜାଲିଆତିକାରୀଙ୍କ ପାଇଁ ଏକ କଠୋର ଚେତାବନୀ ଭାବରେ ମଧ କାର୍ଯ୍ୟ କରୁଛି। ପଶ୍ଚିମବଙ୍ଗରେ ଏହି ବେଆଇନ କାର୍ଯ୍ୟକୁ ଉଚ୍ଛେଦ କରିବା ହୋଣ୍ଡା ଗ୍ରାହକଙ୍କ ପାଇଁ ଏକ ସୁରକ୍ଷିତ ଏବଂ ବିଶ୍ୱସନୀୟ ଅନୁଭୂତି ସୁନିଶ୍ଚିତ କରିବା ସହିତ ଉତ୍ପାଦର ଗୁଣବତା ଏବଂ ପ୍ରାମାଣିକତାର ସର୍ବୋଚ୍ଚ ମାନଦଣ୍ଡ ବଜାୟ ରଖିବା ପାଇଁ କମ୍ପାନୀର ପ୍ରତିବଦ୍ଧତାକୁ ପ୍ରତିଫଳିତ କରୁଛି।

# ସାମସଙ୍ଗ ଇଣ୍ଡିଆର ସବୁଠାରୁ ବଡ଼ ପାର୍ବଣ ଅଫର ରିୱାର୍ଡ଼ ଇୟୋରସେଲ୍ଫର ଶୁଭାରମ୍ଭ

ଭୁବନେଶ୍ୱର: ଭାରତର ଅଗ୍ରଣୀ ଇଲେକ୍ଟ୍ରୋନିକ୍ସ ଏବଂ ସ୍ମାର୍ଟଫୋନ୍ ବ୍ରାଣ୍ଡ, ସାମସଙ୍ଗ ପକ୍ଷରୁ ଚଳିତ ପାର୍ବଣକୁ ଆହୁରି ଅଧିକ ଆକର୍ଷଣୀୟ କରିବା ପାଇଁ 'ରିୱାର୍ଡ୍ ଇୟୋରସେଲ୍ଫ' ଅଭିଯାନର ଶୁଭାରମ୍ଭ କରାଯାଇଛି। 'ରିୱାର୍ଡ଼ ଇୟୋରସେଲ୍ଫ' ଅଭିଯାନ ସହିତ, ଗ୍ରାହକମାନେ ଏଚଡ଼ିଏଫସି କ୍ରେଡ଼ିଟ କାର୍ଡ଼ ଏବଂ ଡ଼େବିଟ କାର୍ଡ଼ ଏବଂ ଏସବିଆଇ କ୍ରେଡ଼ିଟ କାର୍ଡ଼ ଉପରେ ୧୦% କ୍ୟାଶବ୍ୟାକ ପାଇବା ସହିତ ଆକର୍ଷଣୀୟ ବଣ୍ଡଲ ଅଫର ଏବଂ ସାମସଙ୍ଗର ବିସ୍ତୃତ ସ୍ମାର୍ଟଫୋନ୍ ଶୃଙ୍ଖଳ, ଓୟେରେବୁଲସ ଏବଂ ଟାବଲେଟ ଇତ୍ୟାଦି ପାଇବାର ସୁବିଧା ରହିଛି। ଏହି ପରିପ୍ରେକ୍ଷୀରେ ସାମସଙ୍ଗ ଇଣ୍ଡିଆର ମୋବାଇଲ ବିଜନେସର, ବରିଷ୍ଠ ଉପାଧ୍ୟକ୍ଷ, ଶ୍ରୀ ମୋହନଦୀପ୍ ସିଂ କହିଛନ୍ତି ଯେ, "ପାର୍ବଣ ସମୟରେ ଆମର ଗ୍ରାହକ ମାନଙ୍କ ଉତ୍ସାହକୁ ଆହୁରି ବୃଦ୍ଧି କରିବା ପାଇଁ, ଆମ୍ଭେମାନେ ଆମର ଅଫର ଗୁଡ଼ିକରେ କ୍ୟାଶବ୍ୟାକ, ସର୍ବନିମ୍ନ ମାସିକ କିସ୍ତି ଏବଂ ଅନ୍ୟ ଆକର୍ଷଣୀୟ ଯୋଜନାମାନ ନେଇଆସିଛୁ।" ସାମସଙ୍ଗର 'ରିୱାର୍ଡ଼ ଇୟୋରସେଲ୍ଫ' ଅଭିଯାନ ଅନେକ ଗୁଡ଼ିଏ ସ୍ମାର୍ଟଫୋନ, ଟାବଲେଟ ଏବଂ ଓୟାରବୁଲସ ଉପରେ ଉପଲବ୍ଧ ଥିବାବେଳେ, ଏହି ପାର୍ବଣ ସମୟରେ ଗାଲାକ୍ସି ଡ଼ିଭାଇସ କ୍ରୟ କରୁଥିବା ପ୍ରତ୍ୟେକ ଗ୍ରାହକଙ୍କ ପାଇଁ ସୁନିଶ୍ଚିତ ପୁରସ୍କାର ନେଇଆସିଛି। ଏହି ଅଫରରେ ୪୯୯୯ ଟଙ୍କାରୁ ୧୦୪୯୯୯ଟଙ୍କା ମଧ୍ୟରେ ରହିଥିବା କେତେକ ବଛାବଛା ସ୍ମାର୍ଟଫୋନ୍, ଟାବଲେଟ ଏବଂ ଓୟେରେବୁଲସ ଉପରେ ଏଚଡ଼ିଏଫସି ବ୍ୟାଙ୍କ କାର୍ଡ଼ରେ ୧୦% କ୍ୟାଶବ୍ୟାକ ସୁବିଧା ରହିଛି। ଏହି ଅଫର ଅକ୍ଟୋବର ୧୫ ରୁ ଅକ୍ଟୋବର ୨୭, ୨୦୨୦ ପର୍ଯ୍ୟନ୍ତ ବୈଧ। ୪୯୯୯ଟଙ୍କାରୁ ୪୭୯୯୯ଟଙ୍କାର ସମସ୍ତ ଗାଲାକ୍ସି ସ୍ମାର୍ଟଫୋନ୍ ଏବଂ ବଛାବଛା ଟାବଲେଟ ଏବଂ ଓୟେରବୁଲସରେ ଏସବିଆଇ କ୍ରେଡ଼ିଟ କାର୍ଡ଼ରେ ୧୦% କ୍ୟାଶବ୍ୟାକ ଉପଲବ୍ଧ। ଏହି ଅଫର ଅକ୍ଟୋବର ୨୮ ରୁ ନଭେମ୍ବର ୧୭, ୨୦୨୦ ପର୍ଯ୍ୟନ୍ତ ବୈଧ।ଗାଲାକ୍ସି ନୋଟ ୨୦ କ୍ରୟ କରୁଥିବା ଗ୍ରାହକମାନେ ତୁରନ୍ତ ୧୦,୦୦୦ ଟଙ୍କାର କ୍ୟାଶବ୍ୟାକ ପାଇପାରିବେ। ଏହି ଅଫର ଅକ୍ଟୋବର ୧୬ ରୁ ଅକ୍ଟୋବର ୨୫, ୨୦୨୦ ପର୍ଯ୍ୟନ୍ତ ବୈଧ। ଗାଲାକ୍ସି ଏ ସିରିଜ ଏବଂ ସମସ୍ତ ଫ୍ଲାଗସିପ୍ ଡ଼ିଭାଇସ ଉପରେ ଗ୍ରାହକମାନେ ନୋ କଷ୍ଟ୍ ଇଏମଆଇ ସହିତ ଜିରୋ ଡ଼ାଉନପେମେଂଟ ସୁବିଧା ପାଇପାରିବେ। ଗ୍ରାହକମାନେ ୧୩,୦୦୦ ଟଙ୍କା ପର୍ଯ୍ୟନ୍ତର ଅପଗ୍ରେଡ଼ ବୋନସ ପାଇପାରିବା ସହିତ ଚଳିତବର୍ଷ ଅକ୍ଟୋବର ୧୬ ରୁ ଅକ୍ଟୋବର ୨୫ ପର୍ଯ୍ୟନ୍ତ ଗାଲାକ୍ସି ନୋଟ୨୦ ଅଲଟ୍ରା କ୍ରୟରେ ୭୦୦୦ ଟଙ୍କା ମୂଲ୍ୟର ସାମସଙ୍ଗ ଭାଉଚର ପାଇପାରିବେ। ଗ୍ରାହକମାନେ ଏହି ଭଳି ଆହୁରି ଅନେକ ଆକର୍ଷଣୀୟ ଅଫରକୁ ଉପଭୋଗ କରିପାରିବେ। ଏହି ପାର୍ବଣ ଅଫରଗୁଡ଼ିକ ଅଗ୍ରଣୀ ରିଟେଲ ଷ୍ଟୋର ଏବଂ ସାମସଙ୍ଗ ଡ଼ଟ କମରେ କ୍ରୟ ଉପରେ ଉପଲବ୍ଧ।

# ସାନୀ ଇଣ୍ଡିଆ ପକ୍ଷରୁ ମହାମାରୀ ସଙ୍କଟରେ ନୂଆ ଉଦାହରଣ ସୃଷ୍ଟି କରାଯାଇଛି

ଭୁବନେଶ୍ୱର: ନିର୍ମାଣ ଯନ୍ତ୍ରାଂଶ, ହେଭି ଯନ୍ତ୍ରାଂଶ କ୍ଷେତ୍ରରେ ବିଭିନ୍ନ ଉତ୍ପାଦ ଉପଲବ୍ଧ କରାଉଥିବା ସାନୀ ଇଣ୍ଡିଆ ପକ୍ଷରୁ ମହାମାରୀ ସଙ୍କଟ ସମୟରେ ଏକ ନୂଆ ଉଦାହରଣ ସୃଷ୍ଟି କରାଯାଇଛି। କମ୍ପାନୀ ପକ୍ଷରୁ ଏହାର ସମସ୍ତ ୩୫ ଡିଲରଙ୍କୁ ସାମ୍ପ୍ରତିକ ଆହ୍ୱାନମୂଳକ ସମୟରେ ବହୁବିଧ ଆବଶ୍ୟକ ସହାୟତା ଯୋଗାଇ ଦିଆଯାଇଛି। କ୍ରେଡ଼ିଟ୍ ସମୟସୀମାକୁ କମ୍ପାନୀ ପକ୍ଷରୁ ବର୍ଦ୍ଧିତ କରାଯାଇଛି। ଏହି ସୁବିଧା ସମସ୍ତ ନିର୍ମାଣ ଯନ୍ତ୍ରାଶଂ ଏବଂ ସ୍ପେୟାର ପାର୍ଟସ୍ ପାଇଁ ଉପଲବ୍ଧ ହେଉଛି। ସେହିପରି ଗ୍ରାହକଙ୍କ ୱାରେଟିଂ ସମୟକୁ ମଧ ବଢ଼ାଇ ଦିଆଯାଇଛି। କମ୍ପାନୀରେ କାର୍ଯ୍ୟ କରୁଥିବା ୧୧୦୦ରୁ ଅଧିକ କର୍ମଚାରୀଙ୍କୁ ଦରମା ସହାୟତା ମଧ ଯୋଗାଇ ଦିଆଯାଇଛି। ଭାରତ ଏବଂ ଦକ୍ଷିଣ ଏସିଆରେ ଥିବା ଏହାର ପେ ରୋଲ୍ କର୍ମଚାରୀଙ୍କ ପାଇଁ ଏହି ସୁବିଧା ଲାଗୁ ହୋଇଛି। ଡିଲରଙ୍କୁ ଯୋଗାଇ ଦିଆଯାଇଥିବା ସହାୟତା ଯୋଗୁ ୩ ପ୍ରକାର ଲାଭ ମିଳି ପାରିଛି। ଡିଲରମାନେ ସେମାନଙ୍କର ମାନବସମ୍ବଳର ଉପଯୋଗ କରିପାରିଛନ୍ତି। ସେହିପରି ବ୍ୟବସାୟିକ ଧାରାକୁ ବଜାୟ ରଖିବା ସହିତ ବଜାର ଖୋଲିବା ପରେ ପୁଣି ସୁବିଧାରେ କାରବାର ଆରମ୍ଭ କରିପାରିଛନ୍ତି। ଏହି ଯୋଜନାବଦ୍ଧ ରଣନୀତି ଦ୍ୱାରା କମ୍ପାନୀ ୨୦୧୯ ତୁଳନାରେ ଲକ୍‌ଡାଉନ୍ ହଟିବା ପରେ ଗତ ୨ମାସ ଅଗଷ୍ଟ ଏବଂ ସେପ୍ଟେମ୍ବର ମଧ୍ୟରେ ବ୍ୟବସାୟ ବୃଦ୍ଧିରେ ଅଗ୍ରଗତି କରିପାରିଛି। କମ୍ପାନୀର ଏକ୍ସାଭେଟର ମାର୍କେଟ ଶେୟାର ୧୪.୫ ପ୍ରତିଶତରେ ପହଂଚିଛି। ଏହାର ଅଭିବୃଦ୍ଧି ହାର ୧୫ ପ୍ରତିଶତ ରହିଛି। ସେହିପରି କ୍ରାୱଲ କ୍ରେନ୍‌ର ମାର୍କେଟ ଶେୟାର ୪୫ ପ୍ରତିଶତ ଥିବାବେଳେ ଏହାର ଅଭିବୃଦ୍ଧି ହାର ୮୦ ପ୍ରତିଶତ ରହିଛି। ଟ୍ରକ୍ କେନ୍‌ର ମାର୍କେଟ ଶେୟାର ୭୦ ପ୍ରତିଶତ ଥିବାବେଳେ ଏହାର ବୃଦ୍ଧି ହାର ୧୦ ପ୍ରତିଶତ ଛୁଇଁଛି। ପିଲିଂ ରିଙ୍ଗ୍‌ର ମାର୍କେଟଶେୟାର ୭୫ ପ୍ରତିଶତ ଥିବାବେଳେ ଏହାର ବୃଦ୍ଧି ହାର ୨୪ ପ୍ରତିଶତ

ରହିଛି। ମୋଟୋର ଗ୍ରେଡ୍‌ର ମାର୍କେଟ ଶେୟାର ୧୧ ପ୍ରତିଶତ ଥିବାବେଳେ ଏହା ଅଭିବୃଦ୍ଧି ହାର ୧୦ ପ୍ରତିଶତ ରହିଛି। ସାନୀ ଇଣ୍ଡିଆ ଡିଲରମାନଙ୍କୁ ସବୁବେଳେ ଏହାର କାରବାର ବୃଦ୍ଧି ପାଇଁ ଗୁରୁତ୍ୱପୂର୍ଣ୍ଣ ଅଙ୍ଗ ଭାବେ ବିବେଚନା କରିଥାଏ। କମ୍ପାନୀର ପଦକ୍ଷେପ ଯୋଗୁ ଡିଲରମାନଙ୍କୁ ଆବଶ୍ୟକ ଆର୍ଥିକ ସହାୟତା ମିଳିପାରିଛି। ଏହି ଅବସରରେ ସାନୀ ଗ୍ରୁପ୍‌ର ଭାରତ ତଥା ଦକ୍ଷିଣ ଏସିଆ ମୁଖ୍ୟ କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ଦୀପକ ଗର୍ଗ କହିଲେ, " ଆମେ ଆର୍ଥିକ ସହାୟତାକୁ ଉପଯୁକ୍ତ ମାର୍ଗରେ ପରିଚାଳିତ କରିପାରିଛୁ। ଏହାଦ୍ୱାରା ଡିଲରମାନେ ବିଶେଷ ଉପକୃତ ହୋଇପାରିଛନ୍ତି। ମହାମାରୀ ସଙ୍କଟ ସମୟରେ ସହାୟତା ଯୋଗୁ ଡିଲରମାନେ ସେମାନଙ୍କ କାରବାରକୁ ବନ୍ଦ ନ କରି ଜାରି ରଖିପାରିଛନ୍ତି। କୋଭିଡ୍ ସଙ୍କଟ ଆମମାନଙ୍କୁ

ଅସୁବିଧା ସମୟରେ କିଭଳି ସହାୟତା ଦ୍ୱାରା କାରବାର ବୃଦ୍ଧି କରାଯାଇ ପାରିବ ତାହାର ଏକ ଗୁରୁତ୍ୱପୂର୍ଣ୍ଣ ଶିକ୍ଷା ଦେଇଛି। ମହାମାରୀ ସଙ୍କଟ ସମୟରେ ପୃଥିବୀର ବହୁ କମ୍ପାନୀ ସେମାନଙ୍କର କର୍ମଚାରୀଙ୍କୁ ଛଟେଇ କରିବା ଆରମ୍ଭ କରିଥିଲେ। ଏପରିସ୍ଥଳେ ସାନୀ ଇଣ୍ଡିଆ ପଦୋନ୍ନତି ଏବଂ ଦରମା ବୃଦ୍ଧି କରିଥିଲା। କମ୍ପାନୀର ଏଭଳି ଦୂର ଦୃଷ୍ଟି ସମ୍ପନ୍ନ ଆର୍ଥିକ ନୀତିର ସକାରାତ୍ମକ ପ୍ରଭାବ ଏହାର ଆର୍ ଆଣ୍ଡ୍ ଡି ଉପରେ ଅନୁଭୁତ ହୋଇଛି। ଲକ୍‌ଡାଉନ୍ ସମୟରେ ଗ୍ରାହକ ଏବଂ ଫାଇନାନ୍ସର,ମଲ୍ଟିପୁଲ ଟ୍ରେନିଂ ଏବଂ ଡେଭଲପମେଂଟ୍ କାର୍ଯ୍ୟ ଆଦି ସମ୍ପନ୍ନ ହୋଇପାରିଛି।

## ନିଶାନ୍ ଇଣ୍ଡିଆ ପକ୍ଷରୁ ଅଲ୍-ନ୍ୟୁ ନିଶାନ୍ ମାଗ୍ନାଇଟ୍ ବି-ଏସ୍‌ୟୁଭି ଉନ୍ମୋଚିତ

ଭୁବନେଶ୍ୱର: 'ମେକ୍ ଇନ୍ ଇଣ୍ଡିଆ, ମେକ୍ ଫର୍ ୱାର୍ଲ୍ଡ' ଦର୍ଶନ ଉପରେ ନିର୍ମିତ ନିଶାନ ଇଣ୍ଡିଆ ଏହାର ବହୁ ପ୍ରତିକ୍ଷୀତ ବି-ଏସ୍‌ୟୁଭି ଅଲ୍-ନ୍ୟୁ ନିଶାନ୍ ମାଗ୍ନାଇଟ୍‌କୁ ଉନ୍ମୋଚନ କରିଛି। ନିଶାନ୍-ନେସ୍ କନ୍‌ସେପ୍ଟର ଏକ ବାସ୍ତବ ପ୍ରତିଫଳନ ନୂଆ ନିଶାନ୍ ମାଗ୍ନାଇଟ୍‌କୁ ଏକ ଭର୍ଚୁଆଲ ଇଭେଂଟ୍ ଜରିଆରେ ସମଗ୍ର ବିଶ୍ୱର ଦର୍ଶକଙ୍କ ପାଇଁ ଉନ୍ମୋଚିତ କରାଯାଇଥିଲା। ଏସମ୍ପର୍କରେ ନିଶାନ ମୋଟର ଇଣ୍ଡିଆର ଅଧକ୍ଷ, ସିନାନ୍ ଓଜ୍‌କୋକ୍ କହିଛନ୍ତି୍ୟେ, "ଅଲ୍-ନ୍ୟୁ ନିଶାନ୍ ମାଗ୍ନାଇଟ୍ ଆମର ନିଶାନ୍ ନେକ୍ସଟ୍ ରଣନୀତି କ୍ଷେତ୍ରରେ ଏକ ପ୍ରମୁଖ ଭୂମିକା ଗ୍ରହଣ କରୁଛି ଏବଂ ଏକ ଗ୍ରାହକ କୈନ୍ଦ୍ରିକ ସଂସ୍ଥା ଭାବେ ଭାରତୀୟ ବଜାର ପାଇଁ ନିଶାନ୍‌ର ଅବିସ୍ମରଣୀୟ ପ୍ରତିଶ୍ରୁତିର ପ୍ରତିନିଧିତ୍ୱ କରୁଛି। ଏହି କାର୍ ସମୃଦ୍ଧ ଅଭିଜ୍ଞତା ପାଇଁ ଆକର୍ଷଣୀୟ ଉତ୍ପାଦ ଡେଲିଭର କରିବା ଲାଗି ଆମେ କରୁଥିବା ସବୁକିଛିର କେନ୍ଦ୍ରରେ ଗ୍ରାହକଙ୍କୁ ରଖିବା ନେଇ ଆମର ବ୍ରାଣ୍ଡ ଫିଲୋସୋଫିକୁ ଦୋହରାଉଛି।" ଅଲ୍-ନ୍ୟୁ ନିଶାନ ମାଗ୍ନାଇଟ୍ ହେଉଛି ନିରନ୍ତର ଉଦ୍ଭାବନ, ଅତ୍ୟାଧୁନିକ ଟେକ୍ନୋଲୋଜି ଓ ଜାପାନିଜ୍ ଇଞ୍ଜିନିୟରିଙ୍ଗ୍‌ର ନିଶାନର ଗ୍ଲୋବାଲ ଏସ୍‌ୟୁଭି ଡିଏନ୍‌ଏର ଏକ ପ୍ରମାଣ। ଏଥିରେ ନିଶାନ୍ ଇଂଟେଲିଜେଂଟ୍ ମୋବିଲିଟି (ଏନ୍‌ଆଇଏମ୍) ର ଅଂଶ ଭାବେ ନୂତନ ଟେକ୍ନୋଲୋଜି ଏବଂ ଯାନଗୁଡିକୁ କିଭଳି ସମାଜ ସହ ପାରିଚାଳିତ, ଡ୍ରାଇଭେନ୍ ଓ ଇଂଟିଗ୍ରେଟେଡ୍ କରାଯିବ ତାହାକୁ ନେଇ କମ୍ପାନୀର ଆଭିମୁଖ୍ୟ ସାମିଲ ରହିଛି। ଜାପାନରେ ଡିଜାଇନ୍ ହୋଇଥିବା ଓ ଭାରତୀୟ ଗ୍ରାହକଙ୍କ ଆବଶ୍ୟକତା ଓ ଆକାଂକ୍ଷାକୁ ଦୃଷ୍ଟିରେ ରଖି ନିର୍ମିତ ଅଲ୍ ନ୍ୟୁ ନିଶାନ ମାଗ୍ନାଇଟ୍‌ରେ ଏକାଧିକ ଫାର୍ଷ୍ଟ-ଇନ୍-କ୍ଲାସ୍ ଓ ବେଷ୍ଟ-ଇନ୍-ସେଗମେଂଟ୍ ଫିଚର ରହିଛି। ଏହାର ଫାର୍ଷ୍ଟ-ଇନ୍-କ୍ଲାସ୍ ଫ୍ଲେୟାର ଗାର୍ନେଟ୍ ରେଡ୍ (ଟିଂଟ୍ କୋଟ୍) କଲର୍ ଗଭୀରତା ଓ ଉନ୍ନତ ଗୁଣବତା ସହ ପ୍ରିମିୟମନେସ୍‌କୁ ପ୍ରତିଫଳନ କରୁଛି। ଏହା ୯ଟି ବଡି କଲର୍‌ଏ ୫ଟି ମୋନୋଟୋନ୍ ଓ ୪ଟି ଡୁଆଲ ଟୋନ୍ କଲର୍‌ରେ ଉପଲବ୍ଧ ହେଉଛି। ଏହି କାର୍‌ରେ ସବୁଠାରୁ ପତଳା ହେଡ୍‌ଲ୍ୟାମ୍ପ, ହାଲୁକା ସେପର-ଷ୍ଟାଇଲ୍ ଟର୍ଣ୍ଣ ଇଣ୍ଡିକେଟର୍, ଏଲ୍- ସେପ୍ ଏଲଇଡି ଡେଟାଇମ୍ ରନିଙ୍ଗ ଲାଇଟ୍‌ସ (ଡିଆର୍‌ଏଲ୍) ଓ ଡୋମିନେଟିଙ୍ଗ୍ ଫ୍ରଂଟ୍ ଗ୍ରିଲ୍ ରହିଛି। ଏଥିରେ ବ୍ୟାପକ ଶୃଙ୍ଖଳାର ଆକ୍‌ସେସରିଜ୍, ଏକ ୱାୟାରଲେସ୍ ଚାର୍ଜର୍, ଏୟାର ପ୍ୟୁରିଫାୟାର, ପଡଲ୍ ଲ୍ୟାମ୍ପ ଓ ଆମ୍ବିଏଂଟ୍ ମୁଡ୍ ଲାଇଟିଙ୍ଗ ଥିବା ଟେକ୍ ପାକ୍ ରହିଛି। ଏହାର ହରାଇଜୋଂଟାଲ ଇନ୍‌ଷ୍ଟ୍ରୁମେଂଟ୍ ପ୍ୟାନେଲ ଷ୍ଟ୍ରକ୍‌ଚର ଡବଲ ଡେକ୍ କନ୍‌ସୋଲ ଏହି କାର୍‌କୁ ଅଧିକ ଚଉଡା କରୁଛି।

# ଇଣ୍ଡିଆନ ଟେରେନ୍ ଏକ ଫେୟାରଟ୍ରେଡ କ୍ୟାପ୍‌ସୁଲ ସହିତ ହାଇ ଷ୍ଟ୍ରିଟ ଫେସନ୍‌ରେ ନିରନ୍ତରତାର ଅଗ୍ରଣୀ ସାଜିଛି

ଭୁବନେଶ୍ୱର : ବିଗତ ବର୍ଷଗୁଡ଼ିକରେ ନିରନ୍ତର ଏବଂ ଦାୟିତ୍ୱ ସଂପନ୍ନ ଗ୍ରାହକମାନେ ବ୍ରାଣ୍ଡଗୁଡ଼ିକୁ ସେମାନଙ୍କ ଯୋଗାଣ ଶୃଙ୍ଖଳାରେ ସ୍ୱଚ୍ଛତା ଓ ନିରନ୍ତରତା ପ୍ରଦର୍ଶନ କରିବା ଲାଗି ଉତ୍ସାହିତ କରୁଛନ୍ତି। ଗ୍ରାହକମାନଙ୍କୁ ଶ୍ରେଷ୍ଠ ଗୁଣାତ୍ମକ ମାନର ଉତ୍ପାଦ ଯୋଗାଇବା ନେଇ ୨୦ ବର୍ଷର ପ୍ରତିବଦ୍ଧତାକୁ ଦୋହରାଇ ଓ ଏକ ସୁଦୃଢ଼ ଜାତୀୟ ବ୍ରାଣ୍ଡ ସୃଷ୍ଟି କରିବା ଲାଗି ଦେଶର ଆହ୍ୱାନ ଅନୁସାରେ ଭାରତର ଅଗ୍ରଣୀ ପୁରୁଷ ପରିଧାନ ଓ ଶିଶୁ ପରିଧାନ ବ୍ରାଣ୍ଡ ଇଣ୍ଡିଆନ ଟିରେନ୍ ପକ୍ଷରୁ ପରିବେଶର ସୁରକ୍ଷା ଓ ଗୁଜରାଟର ଫେୟାରଟ୍ରେଡ ଋଷୀଙ୍କୁ ସଶକ୍ତ କରିବା ଲାଗି ଏକ ସ୍ୱତନ୍ତ୍ର ନିରନ୍ତର ଫେସନ ପୋଷାକ ବର୍ଗ (ସଷ୍ଟେନେବଲ ଫେସନ୍ ଲାଇନ୍) ସୃଷ୍ଟି କରିବା ପାଇଁ ଫେୟାରଟ୍ରେଡ ଇଣ୍ଡିଆ ସହ ହାତ ମିଳାଯାଇଛି। ଫେସନ୍‌ର ସାମାଜିକ ଓ ପରିବେଶ ଉପସ୍ଥିତି ବୃଦ୍ଧି ପାଉଥିବାରୁ ପରିବର୍ତନକୁ ଆଗକୁ ବଢ଼ାଇବା ବ୍ରାଣ୍ଡ ଲାଗି ଅଧିକ ଗୁରୁତ୍ୱପୂର୍ଣ୍ଣ ହୋଇପଡ଼ିଛି। ନିରନ୍ତର ଫେସନ୍‌କୁ ମୁଖ୍ୟସ୍ରୋତରେ ପରିଣତ କରିବା ଲାଗି ଇଣ୍ଡିଆନ ଟେରେନ୍ ଏହାର ଭୂମିକାକୁ ସ୍ୱୀକୃତି ଦେଇଛି। ଏହି ଦିଗରେ ପଦକ୍ଷେପ ସ୍ୱରୂପ ଏକ ଫାୟାରଟ୍ରେଡ କ୍ୟାପସୁଲ ଉନ୍ମୋଚନ କରିବା ଲାଗି ଭାରତର ପ୍ରଥମ ହାଇ ଷ୍ଟ୍ରିଟ ବ୍ରାଣ୍ଡ ହେବାକୁ କଂପାନି ପ୍ରତିବଦ୍ଧ। ଇଣ୍ଡିଆନ ଟେରେନ୍‌ର ଫେୟାରଟ୍ରେଡ ଲେବଲ ଥିବା ସମ୍ଭାର/ କ୍ୟାପସୁଲର ଅର୍ଥ ହେଉଛି ସମ୍ଭାର/କ୍ୟାପସୁଲ ତିଆରି କରିଥିବା କ୍ଷେତ ଓ କାରଖାନାଗୁଡ଼ିକରେ ସାମାଜିକ ଓ ପରିବେଶ ନିରନ୍ତରତା ମାନକକୁ ପାଳନ କରାଯାଇଛି। ଏହାର ଅର୍ଥ ହେଉଛି-ଋଷୀମାନେ ଉତ୍ପାଦିତ ସାମଗ୍ରୀ ପାଇଁ ଉଚିତ ମୂଲ୍ୟ ପାଇଛନ୍ତି, କେଣସି ହାନିକାରକ କିଟନାଶକ ବ୍ୟବହାର କରାଯାଇନାହିଁ, ଶିଶୁ ଶ୍ରମିକ ନିଷିଦ୍ଧ କରାଯାଇଛି ଏବଂ ଏହି ପୋଷାକଗୁଡ଼ିକ ତିଆରି ବେଳେ ପରିବେଶକୁ ସୁରକ୍ଷା ଦିଆଯାଇଛି।

ଏହି ସହଯୋଗିତା ସଂପର୍କରେ ଶ୍ରୀଯୁକ୍ତ ଚରଥ ନରସିମହନ୍, ପରିଋଳନା ନିର୍ଦ୍ଦେଶକ, ଇଣ୍ଡିଆନ ଟେରେନ୍ ଫେସନସ୍ ଲିମିଟେଡ କହିଛନ୍ତି ଯେ, ଠକ୍ରେଙ୍କକ୍ଷୱ;ଯେଉଁ ଫେସନ୍‌ର ଦୁନିଆକୁ ଆମେ ଜାଣିଥିଲୁ ତାହା ଉଦୀୟମାନ ହୋଇଛି ଏବଂ ବର୍ତମାନ ତାହା ଅଧିକ ପରିବେଶ ସଚେତନ ହୋଇପଡ଼ିଛି। ଏକ ଅଧିକ ନିରନ୍ତର ଜୀବନଯାପନ ଶୈଳୀକୁ ଗ୍ରହଣ କରିବା ବିଷୟରେ ଗ୍ରାହକମାନଙ୍କ ମଧ୍ୟରେ ଆଲୋଚନା ବଢ଼ିଛି। ଫେୟାରଟ୍ରେଡ ସହିତ ଆମର ସହଯୋଗିତା ଜରିଆରେ ବିଶ୍ୱାସ,

ନିରନ୍ତରତା ଏବଂ ଗୁଣାତ୍ମକ ମାନକୁ ନେଇ ବୃଦ୍ଧି ପାଉଥିବା ଆବଶ୍ୟକତାକୁ ପୂରଣ କରିବା ପାଇଁ ନିରନ୍ତରତା ଦିଗରେ ଏହା ହେଉଛି ଅନ୍ୟତମ ପଦକ୍ଷେପ, ତେଣୁ ଭାରତର ପ୍ରଥମ ହାଇ ଷ୍ଟ୍ରିଟ ବ୍ରାଣ୍ଡରେ ପରିଣତ ହୋଇଛୁ ଯାହା ଗୁଜରାଟର ସୁରେନ୍ଦ୍ରନଗର ଜିଲ୍ଲାରୁ ଋଷୀଙ୍କ ଠାରୁ ଫେୟାରଟ୍ରେଡ କଟନ୍ ସଂଗ୍ରହ କରି ସ୍ୱତନ୍ତ୍ର ଉତ୍ପାଦ ବର୍ଗ ତିଆରି କରୁଛି। ସେ ଆହୁରି କହିଛନ୍ତି ଯେ, ଆଗକୁ ଫେୟାରଟ୍ରେଡ କଟନ୍, ରିସାଇକଲଡ କଟନ୍, ରିସାଇକଲଡ ପଲିଷ୍ଟର ଏବଂ ଅର୍ଗାନିକ ଓ ପ୍ରାକୃତିକ ଫାଇବର ଯଥା ବାଉଁଶ, ହେମ୍ପ ଯାହାକୁ ଆସନ୍ତା ତିନି ବର୍ଷ ଭିତରେ ସଚେତନ ଭାବେ ଏବଂ ନିରନ୍ତରତାର ସହ ସଂଗ୍ରହ କରାଯାଇଥିବ ତାହାକୁ ବ୍ୟବହାର କରି ସମଗ୍ର ପୋର୍ଟଫୋଲିଓର ୫୦ ପ୍ରତିଶତରୁ ଅଧିକ ଉତ୍ପାଦ ଉତ୍ପାଦନ କରିବାକୁ ଆମେ ଋହୁଁଛୁ। ଆମେ ସାର୍ଟିଫାଏଡ ଯୋଗାଣକାରୀଙ୍କ ସହ କାର୍ଯ୍ୟ କରିବୁ ଏବଂ ବ୍ୟବହାର ହେଉଥିବା କଂଋମାଲ କେଉଁଠାରେ ମିଳୁଛି ତାହା ଗୁରୁତ୍ୱାରୋପ କରି ଆମର ଲକ୍ଷ୍ୟ ସହିତ ଯୋଗାଣ ଶୃଙ୍ଖଳ ସହଯୋଗୀମାନଙ୍କୁ ଜଡ଼ିତ କରିବା ନିଶ୍ଚିତ କରିବୁ। ଜୈବ ବିଘଟିତ ପ୍ୟାକେଜିଂ ଏବଂ ଉତ୍ପାଦ ବଂଟନ ଜରିଆରେ ଅନ୍ୟାନ୍ୟ ପ୍ରକ୍ରିୟା ପର୍ଯ୍ୟନ୍ତ ମଧ ଆମେ ନିରନ୍ତରତାକୁ ସଂପ୍ରସାରିତ କରିବୁ। ଫେୟାରଟ୍ରେଡ ଇଣ୍ଡିଆ ସହଯୋଗିତାରେ ଇଣ୍ଡିଆନ ଟେରେନ୍‌ର ନୂଆ ସମ୍ଭାର ସବୁଠୁ ଫେସନେବଲ ପୋଷାକ ସହିତ ଦାୟିତ୍ୱବାନ ଷ୍ଟାଇଲର ଭାବ ପ୍ରଦାନ କରୁଛି। ସ୍ୱତନ୍ତ୍ର ଗ୍ରାଫିକ ପ୍ରିଂଟର ବିବିଧତା, ସଲିଡ ଓ ପାଷ୍ଟେଲ ରଙ୍ଗ ମିଶ୍ରଣର ବର୍ଗ ସହିତ ଇଣ୍ଡିଆନ ଟେରେନ୍ ପୋଷାକର ଆରାମ ଏହି ପୋଷାକକୁ ନିଶ୍ଚିତ ଦରକାରରେ ପରିଣତ କରିଛି। ଏହି କ୍ୟାପସୁଲ ସମ୍ଭାର ବର୍ତମାନ ପ୍ରଦାନ କରୁଛି ଟି;ର ସମ୍ଭାର ଯେଉଁଥିରେ ପୁରୁଷ ଓ ବାଳକଙ୍କ ପାଇଁ କ୍ରୁ ନେକ୍ ଟି-ସାର୍ଟ ରହିଛି ଏବଂ ଟି-ସାର୍ଟ ବ୍ୟତୀତ ସାର୍ଟ ଏବଂ ଟ୍ରାଉଜର ଆଦକି ନେଇ ଏକ ବୃହତ ସମ୍ଭାର ପର୍ଯ୍ୟନ୍ତ ଏହାକୁ ଆହୁରି ସଂପ୍ରସାରିତ କରାଯିବ। ପୁନଶ୍ଚ, ଗ୍ରାହକମାନେ ଇଣ୍ଡିଆନ ଟେରେନ୍ ଫେୟାରଟ୍ରେଡ ସମ୍ଭାରରୁ ଯେତେ ଅଧିକ ଉତ୍ପାଦ କିଣିବେ ଋଷୀ ସଂଗଠନଗୁଡ଼ିକ ସେତେ ଅଧିକ ପରିମାଣର ଫେୟାରଟ୍ରେଡ ପ୍ରିମିୟମ ପାଇପାରିବେ। ନିରନ୍ତରତା ଆପଣଙ୍କୁ ଭଲ ଅନୁଭୂତି ପ୍ରଦାନ କରିବ। ଅଭିଶେଷ ଜାନି, ସିଇଓ, ଫେୟାରଟ୍ରେଡ ଇଣ୍ଡିଆ କହିଛନ୍ତି ଯେ, ବିଶ୍ୱ ଫେସନ୍ ଶିଳ୍ପ କୋଭିଡ-୧୯ର ପ୍ରଭାବ ଦେଇ ଗତି କରୁଥିବା ବେଳେ ନିରନ୍ତରତାର ପ୍ରସାର ପାଇଁ ଇଣ୍ଡିଆନ ଟେରେନ୍ ବଳିଷ୍ଠ ପଦକ୍ଷେପ ଗ୍ରହଣ କରିଛି। ସେମାନଙ୍କ ଫେୟାରଟ୍ରେଡ ସମ୍ଭାର ଉନ୍ମୋଚନ ସହିତ ଇଣ୍ଡିଆନ ଟେରେନ୍ କେବଳ ଏହି ଗ୍ରହ ଓ ଯୋଗାଣ ଶୃଙ୍ଖଳର ସମ୍ବେଦନଶୀଳ ଗୋଷ୍ଠୀ ପ୍ରତି ଗଭୀର ପ୍ରତିବଦ୍ଧତା ପ୍ରଦର୍ଶନ କରିନାହିଁ ବରଂ ଭାରତୀୟ କପା ଋଷିଙ୍କୁ ସେମାନଙ୍କ ଉତ୍ପାଦ ପାଇଁ ଏକ ବଜାର ପ୍ରଦାନ କରିବା ସହ ସେମାନଙ୍କୁ ଉଚିତ ମୂଲ୍ୟ ପ୍ରଦାନ ପାଇଁ ପ୍ରତିବଦ୍ଧତାକୁ ଦୋହରାଇଛି। ଫେସନ୍ ଶିଳ୍ପରେ ପରିଋଳିତ ହେଉଥିବା ବ୍ରାଣ୍ଡ ଓ ବ୍ୟବସାୟଗୁଡ଼ିକୁ ପ୍ରଦୂଷଣ ଓ ଶୋଷଣ ଚକ୍ରରେ ସେମାନଙ୍କ ଭୂମିକାକୁ ମାନ୍ୟତା ଦେବାକୁ ପଡ଼ିବ କିମ୍ବା ସକାରାତ୍ମକ ପରିବର୍ତନ ଓ ସାମାଜିକ ସଶକ୍ତୀକରଣର ବାର୍ତାବହ ହେବାକୁ ପଡ଼ିବ।

# କୋଟାକ ମ୍ୟୁଚୁଆଲ ଫଣ୍ଡ୍ ଶୁଭାରମ୍ଭ କଲା ଡିଜିଟାଲ ପ୍ରଚାର ଅଭିଯାନ

ମୁମ୍ବଇ : "ଲକ୍‌ଡାଉନ ପରବର୍ତ୍ତୀ ସମୟରେ ଆପଣ କ'ଣ କରିବେ ?" ଉପଭୋକ୍ତାଙ୍କର ଏହି ମାନସିକତା ପ୍ରତି ଦୃଷ୍ଟିଦେଇ କୋଟାକ ମହିନ୍ଦ୍ରା ଆସେଟ୍ ମ୍ୟାନେଜମେଠକ୍ଷୱ; କମ୍ପାନୀ (କୋଟାକ ମ୍ୟୁଚୁଆଲ ଫଣ୍ଡ) ତାହାର ଡିଜିଟାଲ ପ୍ରଚାରର ଅଭିଯାନ 'ସପ୍‌ନୋ ପେ କୋଇ ଲକ୍‌ଡାଉନ ନହି ହୋତା'(ଶୁଭାରମ୍ଭ ସମ୍ପର୍କରେ ଘୋଷଣା କରିଛି- ଯାହାର ଅର୍ଥ ସ୍ୱପ୍ନରେ କଦାପି ଲକ୍‌ଡାଉନ ହୋଇପାରିବ ନାହିଁ। କୋଟାକ ମହିନ୍ଦ୍ରାର 'ଲେଟ୍‌ସ ପ୍ଲାନ' ଶିକ୍ଷାଭିତ୍ତିକ ଅନ୍‌ଲାଇନ ପ୍ଲାଟଫର୍ମ ଜରିଆରେ ପ୍ରଚଳନ କରାଯାଇଥିବା ଏହି ପ୍ରଚାର ଅଭିଯାନଦ ସ୍ୱପ୍ନକୁ ସାକାର କରିବା ପାଇଁ ନିୟମିତ ସଞ୍ଚୟ ଏବଂ ନିବେଶ କରିବାର ଗୁରୁତ୍ୱ ଉପରେ ଆଲୋକପାତ କରୁଛି। ବିଷୟବସ୍ତୁ ଏବଂ ଏକ ସହଜରେ ବୁଝିହେଉଥିବା ହିସାବ ସହାୟତାରେ ଏହି ଅଭିଯାନ ଉପଭୋକ୍ତାଙ୍କୁ ଅନ୍ତରୀଣ ଜଟିଳ ସମୟରେ ଉପଯୁକ୍ତ ମାର୍ଗରେ ଅଗ୍ରସର ହେବା ଏବଂ ସେମାନଙ୍କର ଆର୍ଥିକ ଯାତ୍ରାରେ ସଠିକ ପଥରେ ପରିଚାଳିତ ହୋଇ ସେମାନେ ହାସଲ କରିବାକୁ ଚାହୁଁଥିବା ଆର୍ଥିକ ଲକ୍ଷ୍ୟ ହାସଲରେ ସହାୟତା କରୁଛି। ଚାକିରୀ ଅଥବା ଜୀବିକା ଉପାର୍ଜନ ଉତ୍ସ ହରାଇବା ପରେ, ସାମ୍ପ୍ରତିକ ଦୃଶ୍ୟପଟ୍ଟରେ ଏସଆଇପିକୁ ବନ୍ଦ ରଖିବା ଅଥବା ଜାରି ରଖିବା, ସୀମିତ ବେତନ ମଧ୍ୟରେ କିଭଳି ଖର୍ଚ୍ଚ ଓ ପୁଞ୍ଜିନିବେଶକୁ ପରିଚାଳନା କରିବା ଆଦିକୁ ନେଇ ଜୀବନ ସହିତ କିଭଳି ଆଗକୁ ବଢିବାକୁ ହେବ ସେ ସମ୍ପର୍କିତ ଅନେକ ପ୍ରାସଙ୍ଗିକ ପ୍ରଶ୍ନର ଉତ୍ତର ଏହାର ବିଷୟବସ୍ତୁରେ ରହିଛି। ବିବିଧ ଡିଜିଟାଲ ମାଧ୍ୟମରେ ପ୍ରସାରିତ ହେବାକୁ ଥିବା ଏହି ପ୍ରଚାର ଅଭିଯାନର ଭିଡିଓରେ ଜୀବନର ବିଭିନ୍ନ କ୍ଷେତ୍ରରୁ ଉପଭୋକ୍ତାଙ୍କର ଆଶା ଆକାଙ୍‌କ୍ଷା ପ୍ରଦର୍ଶିତ ହୋଇଛି ଏବଂ 'ଲେଟ୍‌ସ ପ୍ଲାନ୍' କିଭଳି ଜନସାଧାରଣଙ୍କ ସ୍ୱପ୍ନକୁ ସୋପାନ ପରେ ସୋପାନ ସାକାର କରିବାରେ ସହାୟକ ହେଉଛି, ତାହା ବର୍ଣ୍ଣନା କରିଛି କୋଟାକ ମହିନ୍ଦ୍ରା ଆସେଟ ମ୍ୟାନେଜମେଉୟ' କମ୍ପାନୀ ଲିମିଟେଡର ଡିଜିଟାଲ ବିଜନେଓ ମାର୍କେଟିଂ ମୁଖ୍ୟ କିଞ୍ଜାଲ ଶାହ କହିଛନ୍ତି, "ଆମର ପୁରସ୍କାରପ୍ରାପ୍ତ ପ୍ରଚାର ଅଭିଯାନ 'ଟକ୍ ଟୁ ମିଷ୍ଟର ଏସଆଇପି' ପରେ 'ସପ୍‌ନୋ ପେ କୋଇ ଲକ୍‌ଡାଉନ ନହି ହୋତା' ଉପଭୋକ୍ତାଙ୍କୁ ନୂତନ ସ୍ୱାଭାବିକ ପରିସ୍ଥିତିରେ ସେମାନଙ୍କର ଭବିଷ୍ୟତ ସମ୍ପର୍କରେ ଯୋଜନା କରିବା ଦିଗରେ ସହାୟତା କରିବାକୁ ଏକ ଅନନ୍ୟ ଶିକ୍ଷାଭିତ୍ତିକ ନିବେଶକ ପ୍ରୟାସ

ହୋଇଛି। ଏହି ପ୍ରଚାର ଅଭିଯାନର ମୂଳ ତତ୍ତ୍ୱ ହେଉଛି- ବିଶ୍ୱସ୍ତରରେ ଜୀବନ ଜୀବିକାକୁ ଧୂଳିସାତ୍ କରିଦେଇଥିବା ଭୟାନକ କରୋନାଭୂତାଣୁ ମହାମାରୀ କୋଭିଡ-୧୯ କଦାପି ଆର୍ଥିକ ଯୋଜନା ପ୍ରସ୍ତୁତି ପ୍ରକ୍ରିୟାରେ ସ୍ଥାଣୁତା ନଆଣୁ। 'ଲେଟ୍‌ସ ପ୍ଲାନ୍' ସହିତ ଉପଭୋକ୍ତାଙ୍କୁ ଏସଆଇପିର ପ୍ରମାଣିତ ଶକ୍ତି ବଳରେ ସେମାନଙ୍କ ଭବିଷ୍ୟତ ଯୋଜନା ପାଇଁ ଆବଶ୍ୟକ କରୁଥିବା ସାଧନ ଓ ସୂଚନା ପ୍ରଦାନକରି ସେମାନଙ୍କୁ ସଶକ୍ତ କରୁଛି।" ଏହି ପ୍ରଚାର ଅଭିଯାନ ଡିଜିଟାଲ ମାର୍କେଟିଂ ସଂସ୍ଥା ହାଇପର୍ କନେକ୍ଟ ଦ୍ୱାରା ପ୍ରସ୍ତୁତ କରାଯାଇଛି। ହାଇପର୍ କନେକ୍ଟର ସହ ପ୍ରତିଷ୍ଠାତା ତଥା କ୍ରିଏଟିଭ ମୁଖ୍ୟ କିରଣ ଖାଡ୍‌କେ କହିଛନ୍ତି, 'ସ୍ୱପ୍ନ ସଂପୂର୍ଣ୍ଣ ମାଗଣା, ତାହା ଜଣକୁ କେବଳ ସମ୍ଭାବନା ରହିଥିବାର ବିଶ୍ୱାସ ପ୍ରଦାନ କରେ। ଆମେ ଏହି ମୌଳିକ ତତ୍ତ୍ୱକୁ ବାଛିଲୁ ଏବଂ ତାହାକୁ ଏସଆଇପିର ମୂଳ ବିଷୟ ସହିତ ସଂଯୁକ୍ତ କଲୁ, ଏବଂ ତାହାପରେ ଏହି ପ୍ରଚାର ଅଭିଯାନ ସୃଷ୍ଟିହେଲା। ଭିଡିଓରେ ଏହି ବର୍ଣ୍ଣନାକୁ ପ୍ରତିପାଦନ କରାଯାଇଛି ଏବଂ ଏହାର ବିଷୟବସ୍ତୁ ନୂତନ ତଥା ପୂର୍ବରୁ ରହିଥିବା ନିବେଶକଙ୍କୁ ସହଜ ହିସାବ ଜରିଆରେ ସେମାନଙ୍କ ସ୍ୱପ୍ନକୁ ନେଇ ଅତ୍ୟନ୍ତ ସୂକ୍ଷ୍ମ ଭାବରେ ଯୋଜନା ପ୍ରସ୍ତୁତ କରିବାରେ ସହାୟତା କରୁଛି।"

# ପବ୍ଲିକ ୟୁଟିଲିଟି ସେବାରେ ଘରୋଇ କ୍ଷେତ୍ର ସାମର୍ଥ୍ୟକୁ ଉପଯୋଗ କଲା ଇଣ୍ଡିଆ ପାୱାର

ଭୁବନେଶ୍ୱର: ଏକ ଅଗ୍ରଣୀ ଶକ୍ତି ୟୁଟିଲିଟି ଇଣ୍ଡିଆ ପାୱାର କର୍ପୋରେସନ ଲିମିଟେଡ (ଇଣ୍ଡିଆ ପାୱାର) ପବ୍ଲିକ ୟୁଟିଲିଟି ସେବାରେ ଘରୋଇ କ୍ଷେତ୍ର ସାମର୍ଥ୍ୟକୁ ସୁଲଭ ମୂଲ୍ୟରେ ଉପଯୋଗ କରିବାରେ ଧ୍ୱଜାଧାରୀ ଭାବେ ଉଭା ହୋଇଛି। ୧୯୧୯ରୁ ଉପଭୋକ୍ତାଙ୍କୁ ବିଦ୍ୟୁତ ଯୋଗାଇ ଆସୁଥିବା ରାଷ୍ଟ୍ରାୟତ୍ତ ଦିଶେରଗଡ ପାୱାର ସପ୍ଲାଇ କମ୍ପାନୀ (ଡିପିଏସ୍‌ସି)କୁ ଅଧିଗ୍ରହଣ କରିବା ଦ୍ୱାରା କମ୍ପାନୀ ତାହାର ସେବା ଯୋଗାଣରେ ସରକାରୀ ଏବଂ ଘରୋଇ କ୍ଷେତ୍ରର ସର୍ବୋତ୍ତମକୁ ସମ୍ମିଶ୍ରଣ କରିଛି। ଏହି ଅଧିଗ୍ରହଣ ଏକ ଆଧୁନିକ ୟୁଟିଲିଟି ସୃଷ୍ଟି କରିଛି ଯାହା ଗ୍ରାହକଙ୍କୁ ସେମାନେ ଦେଉଥିବା ମୂଲ୍ୟର ଉପଯୁକ୍ତ ସେବା ଦେବା ବ୍ୟବସ୍ଥାରେ ଉନ୍ନତି ଆଣିବା ନିମନ୍ତେ ଅଗ୍ରଣୀ ପ୍ରଯୁକ୍ତିକୁ ବ୍ୟବହାର କରୁଛି ଏବଂ ସମାଜ ପ୍ରତି ନିଜର ଦୃଢ ପ୍ରତିଶ୍ରୁତିବଦ୍ଧତା ରଖୁଛି। ଇଣ୍ଡିଆ ପାୱାର ଡିପିଏସ୍‌ସିର ଠିକାରେ ଥିବା କର୍ମଚାରୀଙ୍କ ସମେତ ପ୍ରାୟ ୨୦୦୦ କର୍ମଚାରୀଙ୍କୁ ସଶକ୍ତ କରିଛି ଏବଂ ସେମାନଙ୍କୁ ନିଜର ପୂର୍ବରୁ ରହିଥିବା ଲୋକଶକ୍ତି ସହିତ ସମନ୍ୱିତ କରିଛି। ଏହା ଏକ ଅନନ୍ୟ ସାଂସ୍କୃତିକ ସଂପ୍ରୀତି ସୃଷ୍ଟି କରିପାରିଛି ଯାହା କମ୍ପାନୀ ଭିତରେ ନୂତନ ଉଦ୍ଭାବନ ଏବଂ ସୃଜନଶୀଳତା ସଂସ୍କୃତିକୁ ପ୍ରୋତ୍ସାହିତ କରୁଛି। ଇଣ୍ଡିଆ ପାୱାର ତାହାର ଘରୋଇ, ବାଣିଜ୍ୟିକ ଏବଂ ଶିଳ୍ପ ଉପଭୋକ୍ତାଙ୍କୁ ଉନ୍ନତତର ସେବା ସୁଲଭ ମୂଲ୍ୟରେ ଯୋଗାଇବା ସକାଶେ ନେଟୱର୍କ ଓ ଆବଠକ୍ଷୱ;ନ ଭିତ୍ତିଭୂମିକୁ ଉନ୍ନତ କରିବାକୁ ୫୦୦ କୋଟି ଟଙ୍କାରୁ ଅଧିକ ନିବେଶ କରିଛି। ନୂତନ ଭୌଗୋଳିକ ଅଞ୍ଚଳରେ ନିଜର କାର୍ଯ୍ୟକ୍ରମକୁ ସମ୍ପ୍ରସାରିତ କରିବା ପାଇଁ ସାନି ପୁଞ୍ଜିନିବେଶ କରିବାକୁ କମ୍ପାନୀ ପ୍ରତିଶ୍ରୁତିବଦ୍ଧ ଏବଂ ଉପଭୋକ୍ତା ଯେଭଳି ଭୋଲ୍‌ଟେଜରେ ହ୍ରାସବୃଦ୍ଧି, ଶକ୍ତି ବିଭ୍ରାଟ, ଶକ୍ତି ଯୋଗାଣରେ ବିଫଳତା ଏବଂ ଲୋଡ ସେଡିଂ ଆଦି କାରଣରୁ ପ୍ରଭାବିତ ନୁହଅନ୍ତି ତାହା ନିଶ୍ଚିତ କରିବାକୁ ବହୁ ରାଜ୍ୟ ସରକାରଙ୍କ ସହିତ ନିବିଡ ଭାବରେ ମିଶି କାର୍ଯ୍ୟ କରୁଛି। ମଧ୍ୟପ୍ରଦେଶ ସରକାର ଇଣ୍ଡିଆ ପାୱାରର ସହଯୋଗୀ କମ୍ପାନୀ ଏମ୍‌ପି ସ୍ମାର୍ଟଗ୍ରୀଡ ପ୍ରାଇଭେଟ ଲିମିଟେଡକୁ ନିକଟରେ ଏକ ପ୍ରଥମ ଧରଣର ପ୍ରକଳ୍ପ ପ୍ରଦାନ କରିଛନ୍ତି। କମ୍ପାନୀ ଉଜ୍ଜୟିନ, ରତ୍‌ଲାମ, ଦେୱାସ, ଖାରଗୋନ୍ ଏବଂ ମାଉ ଆଦି ସ୍ଥାନରେ ୩୫୦,୦୦୦ ସ୍ମାର୍ଟ ମିଟର ସ୍ଥାପନ କାର୍ଯ୍ୟ ଆରମ୍ଭ କରିଛି। ଉପଭୋକ୍ତାଙ୍କ ଘରେ ସ୍ମାର୍ଟ ମିଟରର ସ୍ଥାପନ ସହିତ ଏହି ପ୍ରକଳ୍ପରେ ଏକ ପାୱାର ନେଟୱର୍କ ପାଇଁ ଭିତ୍ତିଭୂମି ସ୍ଥାପନ ଏବଂ ପାଞ୍ଚବର୍ଷ ପର୍ଯ୍ୟନ୍ତ ତାହାର ପରିଚାଳନା ଓ ରକ୍ଷଣାବେକ୍ଷଣ (ଓ ଆଣ୍ଡ ଏମ୍) ମଧ୍ୟ ଅନ୍ତର୍ଭୁକ୍ତ। ସରକାରୀ ଓ ଘରୋଇ କ୍ଷେତ୍ରର ସମ୍ମିଳିତ ସାମର୍ଥ୍ୟକୁ ସାକାର ରୂପ ଦେବାନେଇ କମ୍ପାନୀର ସାମର୍ଥ୍ୟ ସମ୍ପର୍କରେ ପ୍ରକାଶକରି ଇଣ୍ଡିଆ ପାୱାରର ପରିଚାଳନା ନିର୍ଦ୍ଦେଶକ ଶ୍ରୀ ରାଘବ ରାଜ କନୋରିଆ କହିଛନ୍ତି, "ଇଣ୍ଡିଆ ପାୱାରରେ ଆମେ ଦୁଇଟି କ୍ଷେତ୍ରର ସର୍ବୋତ୍ତମକୁ ସମ୍ମିଶ୍ରଣ କରିବାରେ ସମର୍ଥ ହୋଇଛୁ। ଉପଭୋକ୍ତା ସନ୍ତୁଷ୍ଟିକୁ ଆଗେଇନେବାରେ ଘରୋଇ କ୍ଷେତ୍ରର ଉଲ୍ଲେଖନୀୟ ସାମର୍ଥ୍ୟ ହେଉ କିମ୍ବା କର୍ମଚାରୀ କଲ୍ୟାଣ ନିମନ୍ତେ ସରକାରୀ କାର୍ଯ୍ୟ ସଂସ୍କୃତି- ଇଣ୍ଡିଆ ପାୱାର ସବୁ କ୍ଷେତ୍ରରେ ସଫଳ ହୋଇଛି। ଆମେ ଡିପିଏସ୍‌ସିର ସମସ୍ତ କର୍ମଚାରୀଙ୍କୁ ବଜାୟ ରଖିଛୁ, ସେମାନଙ୍କୁ ପୁନଃ ତାଲିମ ପ୍ରଦାନ ସହିତ ସଶକ୍ତ କରିଛୁ, ଆଡଭାନ୍‌ସଡ ମିଟରିଂ

ଇନଫ୍ରାଷ୍ଟ୍ରକଚର (ଏଏମ୍‌ଆଇ), ଏସ୍‌ସିଏଡିଏ ଏବଂ ଇଠକ୍ଷୱ;ରନେଟ ଅଫ୍ ଥିଙ୍ଗସ (ଆଇଓଟି) ଭଳି ଆଧୁନିକ ପ୍ରଯୁକ୍ତିକୌଶଳରେ ପୁଞ୍ଜିନିବେଶ କରିବା ସହିତ ଆମର ସମସ୍ତ ଅଂଶୀଦାରଙ୍କ ପାଇଁ ଏକ ଲାଭଜନକ ପରିବେଶ ସୃଷ୍ଟି କରିଛୁ।" ଇଣ୍ଡିଆ ପାୱାର୍‌ର ପୂର୍ଣ୍ଣକାଳୀନ ନିର୍ଦ୍ଦେଶକ ତଥା ଶକ୍ତି ଶିଳ୍ପର ଜଣେ ପ୍ରବୀଣ ବ୍ୟକ୍ତି ଶ୍ରୀ ସୋମେଶ ଦାସଗୁପ୍ତା କହିଛନ୍ତି, "ଡିପିଏସ୍‌ସି ଏହାର ଲାଇସେନ୍ସ ଅଧୀନ ଅଞ୍ଚଳରେ ଥିବା ଗୁରୁତ୍ୱପୂର୍ଣ୍ଣ ଖଣି କ୍ଷେତ୍ରଗୁଡିକୁ ଏକାଗ୍ରତା, ଉତ୍ସର୍ଗୀକୃତ ଭାବ ଏବଂ ଶୃଙ୍ଖଳିତ ଭାବେ ଶକ୍ତି ଯୋଗାଇ ଦେଉଛି। ଅଧିଗ୍ରହଣ ପରବର୍ତ୍ତୀ ସମୟରେ ଇଣ୍ଡିଆ ପାୱାର ସୁଲଭତା ସହିତ ମାନକୁ ସଂଯୁକ୍ତ କରିଛି ଏବଂ ଉପଭୋକ୍ତାଙ୍କ ପାଇଁ ସେମାନଙ୍କ ଅର୍ଥର ଉପଯୁକ୍ତ ମୂଲ୍ୟ ପ୍ରଦାନ ସ୍ଥିତିରେ ପୁନଃ ଉନ୍ନତି ଆଣିଛି। ସରକାରୀ କ୍ଷେତ୍ର ସେବା ଯୋଗାଣରେ ଘରୋଇ କ୍ଷେତ୍ରର ଅଭିଜ୍ଞତାକୁ ସମ୍ମିଶ୍ରିତ କରିବାରେ କମ୍ପାନୀ ଏକ ମାନଦଣ୍ଡ ସ୍ଥାପନ କରିଛି ଏବଂ ସମଗ୍ର ଭାରତରେ ରାଜ୍ୟ ସରକାରମାନଙ୍କ ଦ୍ୱାରା ଏକ ପସନ୍ଦଯୋଗ୍ୟ ସହଭାଗି ଭାବରେ ବିବେଚିତ ହେଉଛି।

## ବିଭାଜନ ସ୍ତରୀୟ ପାଣିପଞ୍ଚାୟତ ପକ୍ଷ ପାଳନ

ନୂଆପଡ଼ା,(ପି.ଏନ): ସ୍ଥାନୀୟ ଜଳସେଚ଼ନ ଡାକବଙ୍ଗଳା ପ୍ରାଙ୍ଗଣରେ ନୂଆପଡା ଜଳସେଚ଼ନ ପ୍ରଭାଗ ତରଫରୁ ବିଭାଜନ ସ୍ତରୀୟ ପାଣି ପଞ୍ଚାୟତ ପକ୍ଷ ପାଳନ କରାଯାଇଛି। ନୂଆପଡା ଜଳସେଚ଼ନ ପ୍ରଭାଗର ଅଧିକ୍ଷଣ ଯନ୍ତ୍ରୀ ଉଜ୍ଜ୍ୱଳ ଜାନୀଙ୍କର ନେତୃତ୍ୱ ରେ ଆୟୋଜିତ ଏହି ପକ୍ଷପାଳନ ଅବସରରେ ନୂଆପଡା ଉପ ଜିଲ୍ଲାପାଳ ସୁଭାଷ ଚ଼ନ୍ଦ୍ର ରହିତ ମୁଖ୍ୟଅତିଥି ରୂପେ ଯୋଗଦେଇଥିବା ବେଳେ ଉଠା ଜଳସେଚ଼ନ ବିଭାଗର ନିର୍ବାହୀ ଯନ୍ତ୍ରୀ ଶିଶିର କୁମାର ମୁଣ୍ଡା, ଆମ ଓଡ଼ିଶା ନବୀନ ଓଡିଶା ଅଧ୍ୟକ୍ଷ ରାମଲାଲ ହଂସ, ଜିଲ୍ଲା ପରିଷଦ ସଦଶ୍ୟ ଅବନୀ ଯୋଶୀ ଓ ଭରତ ଲାଲ ରାଉତ ପ୍ରମୁଖ ସମ୍ମାନିତ ଅତିଥି ରୂପେ ଯୋଗଦେଇ ଉପସ୍ଥିତ ଋଷୀ ଭାଇମାନଙ୍କୁ ଉତ୍ସାହିତ କରିଥିଲେ।




# ଭଲ ହୁଅ ଏବଂ ଭଲ ଦେଖ !

**ଆ**ମେ ସମସ୍ତେ କହୁ ଯେ ଭଲ ହେବା ଓ ଭଲ ଦେଖିବା କିନ୍ତୁ ଏହା ଏକ ଛଳନା କହିଲେ ଅତ୍ୟୁକ୍ତି ହେବନାହିଁ। କାରଣ ଆମ୍ଭେମାନେ ଆମ୍ଭମାନଙ୍କ ବ୍ୟକ୍ତିତ୍ୱକୁ ଅନ୍ୟମାନଙ୍କ ପାଇଁ ଆଦର୍ଶର ପ୍ରେରଣା ସୃଷ୍ଟି କରିପାରିନାହୁଁ। ଭଗବାନଙ୍କ ନାମସ୍ମରଣ ଅର୍ଥ ଏକ ଉନ୍ନତ ନୈତିକ ଚେତନାର ବିକାଶ କରିବା ଆମର ଅନ୍ତର ଏହି ପ୍ରକାରେ ଦୀପ୍ତିରେ ସଦା ପ୍ରଜ୍ୱଳିତ ହୋଇ ରହିବା ଉଚିତ। ଆମେ ଜାଣୁ ଯେ ଆଲୋକ ଯେତେବେଳେ ଉଭେଇ ଯାଏ, ସେତେବେଳେ ଅନ୍ଧକାର ଘୋଟି ଆସେ। ଆମର ଦୃଷ୍ଟି ଯେତେବେଳେ ନିର୍ମଳ ହେବ ସେତେବେଳେ କେବଳ ଭଗବାନଙ୍କୁ ଆମେ ଦେଖିପାରିବା। ଅପରିଷ୍କୃତ ମନ କେବଳ ଖରାପ କଥା ହିଁ ଦେଖିବ।

ଯୁଧିଷ୍ଠିର ଥିଲେ ଧର୍ମପରାୟଣ ରାଜା। ସେହି ସମୟରେ ଦୁର୍ଯ୍ୟୋଧନ ଥିଲେ ଅତ୍ୟନ୍ତ ଦୁର୍ମତିସଂପନ୍ନ ବିଧର୍ମୀ ରାଜା। ଦିନେ ଭଗବାନ କୃଷ୍ଣ ତାଙ୍କ ପାଇଁ ଏକ ଖଳ ପ୍ରକୃତିର ଲୋକକୁ ଖୋଜି ଆଣିବାକୁ ଧର୍ମରାଜ ଯୁଧିଷ୍ଠିରଙ୍କୁ କହିଲେ। ଯୁଧିଷ୍ଠିର ସବୁଆଡ଼େ ପରିଭ୍ରମଣ କରି ଗୋଟିଏ ହେଲେ ମନ୍ଦ ଲୋକ ନପାଇ କୃଷ୍ଣଙ୍କ ନିକଟକୁ ଫେରି ଆସିଲେ। ତା'ପରେ କୃଷ୍ଣ ତାଙ୍କ ନିକଟକୁ ଜଣେ ମାତ୍ର ଭଲ ଲୋକଙ୍କୁ ଆଣିବା ପାଇଁ ଅନାଚାରୀ ଦୁର୍ଯ୍ୟୋଧନଙ୍କୁ ଆଦେଶ ଦେଲେ। ସେ ଚାରିଆଡ଼େ ବୁଲିଲେ କିନ୍ତୁ ଜଣେହେଲେ ଭଲ ଲୋକ ତାଙ୍କ ଦୃଷ୍ଟିଗୋଚର ହେଲାନାହିଁ। ସେ କୃଷ୍ଣଙ୍କ ନିକଟକୁ ଫେରିଆସି ତାହା ଜଣାଇଲେ।

ଉପରୋକ୍ତ ଗଳ୍ପଟିରୁ ଆମେ ଏହି ଶିକ୍ଷାଲାଭ କରୁ ଯେ ଆମେ ଯଦି ନିଜେ ଭଲ ହେବା ତାହାହେଲେ ସମସ୍ତେ ଆମ ପ୍ରତି ଭଲ ହେବେ। କିନ୍ତୁ ଆମେ ଯଦି ନିଜେ ମନ୍ଦ ଆଚରଣ କରିବୁ ତାହାହେଲେ ସାରା ସଂସାର ଆମକୁ ଅସାର ବୋଲି ପ୍ରତିଭାତ ହେବ। ପ୍ରତ୍ୟେକ ଲୋକ କିଛିନା କିଛି ସୁଗୁଣର ଅଧିକାରୀ। ଆମେ ଯଦି ମନ୍ଦଗୁଣଗୁଡ଼ିକୁ ନିରୀକ୍ଷଣ କରିବାକୁ ଚାହୁଁ, ତେବେ ପ୍ରଥମେ ଆମେ ଆମ ଭିତରେ ତାହା ଆବିଷ୍କାର କରିବା ଉଚିତ। ଆମେ ଯଦି ଏପରି କରୁ ଧୀରେ ଧୀରେ ଆମ ଭିତରେ ଥିବା ଦୁର୍ଗୁଣଗୁଡ଼ିକ ଲୋପ ପାଇଯିବ। ଆମେ ଯଦି ଅନ୍ୟର ଦୋଷଗୁଡ଼ିକ ଖାଲି ବାଛିବସୁ ଏବଂ ନିଜର ଗୁଣଗାନ କରୁ ତେବେ ଆମର ଯାହା କିଛି ସୁଗୁଣ ଥିବ ତାହା ମଧ୍ୟ ଆମକୁ ଛାଡ଼ି ଚାଲିଯିବ। ତଦ୍ୱାରା ଦୁର୍ଗୁଣଗୁଡ଼ିକ ବଢ଼ି ଚାଲିବ। ଏ ସଂସାରରେ ବାସ କରୁଥିବା ଅନେକ ଲୋକଙ୍କ ଆମେ ନିନ୍ଦାଗାନ କରିଥାଉ, ତାଙ୍କୁ ସମାଲୋଚନା କରୁ, ତାଙ୍କର ଅନିଷ୍ଟ ଚିନ୍ତା କରୁ, ଏପରି ଆଚରଣ କରିବା ଦ୍ୱାରା ଆମର ମନ ଦିନକୁ ଦିନ ଦୂଷିତ ହୋଇଯାଏ। ତେଣୁ ଆଧ୍ୟାତ୍ମିକ ପଥରେ ଅଗ୍ରସର ହେବାକୁ ହେଲେ ଅନ୍ୟର କେବଳ ଭଲଗୁଣଗୁଡ଼ିକ ଦେଖିବା ଉଚିତ। ସମସ୍ତଙ୍କ ପ୍ରତି ସ୍ନେହ ପ୍ରଦର୍ଶନ କରିବା ଉଚିତ।

ଆମେ ଯଦି ଅନ୍ୟମାନଙ୍କର ସୁଗୁଣ ପ୍ରତି ଆକର୍ଷିତ ହେଉ, ତାହାହେଲେ ଆମେ ସେମାନଙ୍କ ହୃଦୟରେ ବିରାଜିତ ଥିବା ଈଶ୍ୱରଙ୍କୁ ଦେଖିପାରିବା, କାରଣ କେବଳ ଭଗବାନ ହେଉଛନ୍ତି ଉତ୍ତମ ଓ ଶ୍ରେଷ୍ଠ। ଅନ୍ୟମାନଙ୍କ ହୃଦୟରେ ତାଙ୍କୁ ଦର୍ଶନ କରିପାରିଲେ ଆମେ ନିଜ ଭିତରେ ମଧ୍ୟ ଭଗବାନଙ୍କ ସତ୍ତାକୁ ଉପଲବ୍ଧି କରିପାରିବା। ଆମେ ଯେତେ ସମୟ ପର୍ଯ୍ୟନ୍ତ ଅନ୍ୟକୁ ସମାଲୋଚନା କରୁଥିବା ସେତେବେଳ ପର୍ଯ୍ୟନ୍ତ ଆମେ ସେମାନଙ୍କ ଆତ୍ମାରେ ଥିବା ଈଶ୍ୱରଙ୍କୁ ଦର୍ଶନ କରିପାରିବା ନାହିଁ।

**ରାଜକିଶୋର ମିଶ୍ର, ପୂର୍ବତନ ସମ୍ପାଦକ, ଶ୍ରୀସତ୍ୟସାଇ ବିଦ୍ୟାଳୟ, କଳାବିକାଶ କେନ୍ଦ୍ର ମାର୍ଗ, କଟକ, ଦୂରଭାଷ : ୭୦୦୮୧୮୧୮୨୦**

## ରାଷ୍ଟ୍ରୀୟ ବାଲ୍ ସ୍ୱାସ୍ଥ୍ୟ କାର୍ଯ୍ୟକ୍ରମ ଜରିଆରେ ହୃଦ୍‌ରୋଗର ମାଗଣା ଅସ୍ତ୍ରୋପଚାର



କେନ୍ଦୁଝର (ପିଏନ୍): ଜାତୀୟ ସ୍ୱାସ୍ଥ୍ୟ ମିଶନ ଅନ୍ତର୍ଗତ ରାଷ୍ଟ୍ରୀୟ ବାଲ୍ ସ୍ୱାସ୍ଥ୍ୟ କାର୍ଯ୍ୟକ୍ରମ ମାଧ୍ୟମରେ ତା୧୨.୦୯.୨୦୨୨ରିଖ ସୋମବାର ଅପରାହ୍ନରେ ହୃଦ୍‌ରୋଗରେ ପିଡିତ ଥିବା ୦୫ ଜଣ ଶିଶୁଙ୍କୁ ମାଗଣା ଅସ୍ତ୍ରୋପଚାର ନିମନ୍ତେ ଅହମ୍ମଦାବାଦ ସ୍ଥିତ ସତ୍ୟସାଇ ହୃଦ୍‌ରୋଗ ଚିକିତ୍ସାଳୟକୁ ପ୍ରେରଣ କରାଯାଇଛି । ଚିକିତ୍ସା ନିମନ୍ତେ ଯାଇଥିବା ବିଭିନ୍ନ ବ୍ଲକ୍‌ର ଶିଶୁମାନେ ଯଥା-ଘଟଗାଁ ବ୍ଲକ୍‌ରୁ ୦୨ ଜଣ, ହରିଚନ୍ଦନପୁର ବ୍ଲକ୍‌ରୁ ୦୨ ଜଣ ଏବଂ ପାଟଣା ବ୍ଲକ୍‌ରୁ ୦୧ ଜଣ ଶିଶୁଙ୍କୁ କେନ୍ଦୁଝର ଜିଲ୍ଲା ସଦର ମହକୁମାଠାରୁ ଭୁବନେଶ୍ୱରକୁ ଏବଂ ଭୁବନେଶ୍ୱରରୁ ଅହମ୍ମଦାବାଦକୁ ଟ୍ରେନ୍ ମାଧ୍ୟମରେ ବିନାମୂଲ୍ୟରେ ଗମନାଗମନ କରିବାର ବ୍ୟବସ୍ଥା କରାଯାଇଛି । ଏହି ଶିଶୁ ହୃଦ୍‌ରୋଗୀଙ୍କ ମାଗଣା ଅସ୍ତ୍ରୋପଚାର ସତ୍ୟସାଇ ହୃଦ୍‌ରୋଗ ଚିକିତ୍ସାଳୟ ଅହମ୍ମଦାବାଦ ଠାରେ ହେବ ବୋଲି ଆର୍.ବି.ଏସ୍.କେ ମ୍ୟାନେଜର ବିଜନ କୁମାର ସାହୁ ପ୍ରକାଶ କରିଛନ୍ତି । ସୂଚନାଯୋଗ୍ୟ ଯେ ଏହା ପୂର୍ବରୁ ମଧ୍ୟ ଜିଲ୍ଲାର ବିଭିନ୍ନ ବ୍ଲକ୍‌ରୁ ୪୬ ଜଣ ଶିଶୁ ହୃଦ୍‌ରୋଗୀଙ୍କୁ ଏହି ଆର୍.ବି.ଏସ୍.କେ. ମାଧ୍ୟମରେ ସତ୍ୟସାଇ ହୃଦ୍‌ରୋଗ ଚିକିତ୍ସାଳୟକୁ ପଠାଯାଇ ସଫଳତାର ସହ ଅସ୍ତ୍ରୋପଚାର କରାଯାଇଛି । ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ ଡାଃ ସୁଜାତାରାଣୀ ମିଶ୍ର, ଡି.ପି.ଏମ୍. ଏନ୍.ଏନ୍.ଏମ୍. ନିତ୍ୟରଂଜନ ବରାଳ ଏବଂ ଆର୍.ବି.ଏସ୍.କେ ମ୍ୟାନେଜର ବିଜନ କୁମାର ସାହୁଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଉକ୍ତ ୦୫ ଜଣ ଶିଶୁଙ୍କୁ ବିନାମୂଲ୍ୟରେ ହୃଦରୋଗର ଅସ୍ତ୍ରୋପଚାର ନିମନ୍ତେ ଅହମ୍ମଦାବାଦକୁ ପଠାଯାଇଛି ଏବଂ ହୃଦରୋଗରେ ପିଡିତ ଥିବା ଶିଶୁମାନଙ୍କର ସହାୟତା ନିମନ୍ତେ ଆର୍.ବି.ଏସ୍.କେ. ଏମ୍.ଏଚ୍.ଟି.ର ଆୟୁଷ ଡାଃ ସୂର୍ଯ୍ୟନନ୍ଦନ ଆଚାର୍ଯ୍ୟଙ୍କୁ ସାଙ୍ଗରେ ପଠାଯାଇଛି ।

## ଅମର୍ଦା ଏୟାରଷ୍ଟ୍ରିପ କାର୍ଯ୍ୟକ୍ଷମ ପାଇଁ ରାସଗୋବିନ୍ଦପୁରରୁ ରାଜଭବନ ପଦଯାତ୍ରା

ବାଲେଶ୍ୱର (ପିଏନ୍)- ମୟୂରଭଞ୍ଜ, ବାଲେଶ୍ୱର ଓ କେନ୍ଦୁଝର ଜିଲ୍ଲାର ବିଭିନ୍ନ ଦାବିକୁ ନେଇ ଉ  ର ଓଡ଼ିଶା ପର୍ଯ୍ୟଟନ ବିକାଶ ପରିଷଦ ପକ୍ଷରୁ ଏକ ସାମ୍ବାଦିକ ସମ୍ମିଳନୀ ଗତ ସୋମବାର ଦିନ ଅନୁଷ୍ଠିତ ହୋଇଯାଇଛି। ମୟୂରଭଞ୍ଜ ଜିଲ୍ଲାର ଜାଗ୍ରତ ପ୍ରହରୀ ଭଞ୍ଜସେନା, ବାଲେଶ୍ୱର ଜିଲ୍ଲାର ଅଗ୍ରଣୀ ଗଣସଂଗଠନ ଭଏସ ଅଫ ବାଲେଶ୍ୱର ଓ କେନ୍ଦୁଝର ଡେଭଲପମେ କାଉନସିଲ ମିଳିତ ଉଦ୍ୟମରେ ଉ  ର ଓଡ଼ିଶା ପର୍ଯ୍ୟଟନ ବିକାଶ ପରିଷଦ କାର୍ଯ୍ୟ କରୁଅଛି। ଏଥିରେ ବିଶେଷ କରି ଅମର୍ଦା ଏୟାର ଷ୍ଟ୍ରିପକୁ ତୁରନ୍ତ କାର୍ଯ୍ୟକ୍ଷମ କରିବା ଦାବିରେ ରାସଗୋବିନ୍ଦପୁରରୁ ରାଜଭବନ ପର୍ଯ୍ୟନ୍ତ ଅକ୍ଟୋବର ୧୧ରୁ ଏକ ପଦଯାତ୍ରା ଆୟୋଜିତ ହେବ। ଏହାସହ ଆସନ୍ତା ବର୍ଷ ଜାନୁଆରୀ ୧୨ ତାରିଖ ଅର୍ଥାତ ଜାତୀୟ ଯୁବ ଦିବସ ଅବସରରେ ଉ  ର ଓଡ଼ିଶା ପର୍ଯ୍ୟଟନ କ୍ଷେତ୍ରରେ ବିକାଶ ଓ ଆତ୍ମନିଯୁକ୍ତି ସୃଷ୍ଟି କରିବା ନିମନ୍ତେ ପର୍ଯ୍ୟଟନ ବିକାଶ ରଥ ଆରମ୍ଭ କରାଯିବ। ସେହିପରି ଚଳିତ ବର୍ଷ ନଭେମ୍ବର ୧୩ ତାରିଖରେ ପର୍ଯ୍ୟଟନ ପରିଷଦ ପକ୍ଷରୁ ବାଲେଶ୍ୱରଠାରେ ଏକ ଜିଲ୍ଲା ସମ୍ମିଳନୀ ଅନୁଷ୍ଠିତ ହେବ ବୋଲି ଏହି ସାମ୍ବାଦିକ ସମ୍ମିଳନୀରେ ସୂଚନା ପ୍ରଦାନ କରାଯାଇଛି। ଏହି ଅବସରରେ ଉ  ର ଓଡ଼ିଶା ପର୍ଯ୍ୟଟନ ବିକାଶ ପରିଷଦର ସଭାପତି କଳିଙ୍ଗ କେଶରୀ ଜେନା ଯୋଗଦେଇ କହିଥିଲେ ଯେ ଉ  ର ଓଡ଼ିଶାରୁ ରାଷ୍ଟ୍ରପତିଙ୍କ ସହ ଜଣେ ରାଜ୍ୟ ପର୍ଯ୍ୟଟନ ମନ୍ତ୍ରୀ, ଜଣେ କେନ୍ଦ୍ରମନ୍ତ୍ରୀ ଏବଂ ଅନ୍ୟ ଜଣେ ରାଜ୍ୟ ମହିଳା ଓ ଶିଶୁ ବିକାଶ ମନ୍ତ୍ରୀ ମଧ୍ୟ ରହିଛନ୍ତି। ହେଲେ ଦୁର୍ଭାଗ୍ୟର ବିଷୟ ଯେ ଉ  ର ଓଡ଼ିଶାର ଆଖିଦୃଶିଆ ଉନ୍ନତି ହୋଇପାରିନି। ବିଶେଷ କରି ମୟୂରଭଞ୍ଜ, ବାଲେଶ୍ୱର ଏବଂ କେନ୍ଦୁଝର ଜିଲ୍ଲାରେ ରହିଥିବା ବିଭିନ୍ନ ପର୍ଯ୍ୟଟନସ୍ଥଳୀର ଆଖିଦୃଶିଆ ଉନ୍ନତି ହୋଇପାରି ନ ଥିବାବେଳେ ମୟୂରଭଞ୍ଜ ଜିଲ୍ଲାର ରାସଗୋବିନ୍ଦପୁରସ୍ଥିତ ଅମର୍ଦା ଏୟାର ଷ୍ଟ୍ରିପ ବ  ର୍ମାନ ସୁଦ୍ଧା କାର୍ଯ୍ୟକ୍ଷମ ହୋଇପାରିନାହିଁ ବୋଲି କହିଛନ୍ତି। ଅନ୍ୟପଟେ ରାସଗୋବିନ୍ଦପୁର ଏୟାର ଷ୍ଟ୍ରିପକୁ କେନ୍ଦ୍ର ସରକାର ଉଡ଼ାଣ ଯୋଜନାରେ ସାମୀଲ କରିଛନ୍ତି। ତେବେ ଏହା କେବେ କାର୍ଯ୍ୟକ୍ଷମ ହେବ ତାହାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଏହାବ୍ୟତୀତ ରାଜପଥ ଓ ରେଳପଥ ସମ୍ପ୍ରସାରଣ ହେଲେ ଆ  ଳିକ ପର୍ଯ୍ୟଟନର ବିକାଶ ହୋଇପାରିବ ବୋଲି କହିଥିଲେ। ଏହି ସାମ୍ବାଦିକ ସମ୍ମିଳନୀରେ ଅନ୍ୟମାନଙ୍କ ମଧ୍ୟରେ ଉ  ର ଓଡ଼ିଶା ପର୍ଯ୍ୟଟନ ବିକାଶ ପରିଷଦର ଆବାହକ ଡ. ସନ୍ଦୀପ ପଟ୍ଟନାୟକ, ପରିଷଦର କାର୍ଯ୍ୟକାରୀ ସଭାପତି ଅରିଜିତ ଘୋଷାଲ, ଉପସଭାପତି ରଣଜିତ ପଣ୍ଡା, ସଂପାଦକ ଗୌତମ ସେଠୀ, ସାଂଗଠନିକ ସଂପାଦକ ଚନ୍ଦନ ଶତପଥୀ ଏବଂ ଉପଦେଷ୍ଟା ଅସିତ୍ କୁମାର ଦାସ ପ୍ରମୁଖ ଉପସ୍ଥିତ ଥିଲେ।

## ଜିଲ୍ଲା ହକି ଦଳର ଭୁବନେଶ୍ୱର ଯାତ୍ରା

ବାଲେଶ୍ୱର (ପିଏନ୍)-ଦୀର୍ଘ ୨୦ ବର୍ଷ ପରେ ବାଲେଶ୍ୱର ଜିଲ୍ଲା ହକି ଟିମ୍ ରାଜ୍ୟସ୍ତରୀୟ ପ୍ରତିଯୋଗିତାରେ ଅଂଶଗ୍ରହଣ ପାଇଁ ଗତ ରବିବାର ଭୁବନେଶ୍ୱର ଯାତ୍ରା କରିଛନ୍ତି। ୧୬ ଜଣ ଖେଳାଳୀଙ୍କ ସହିତ ଜଣେ ମ୍ୟାନେଜର ଓ ଜଣେ କୋଚ୍ ମଧ୍ୟ ଯାଇଛନ୍ତି। ଜିଲ୍ଲା ପ୍ରଶାସନ ପକ୍ଷରୁ ସେମାନଙ୍କୁ ଶୁଭେଚ୍ଛା ପ୍ରଦାନ କରାଯାଇଛି। ଜିଲ୍ଲା କ୍ରୀଡ଼ା ଛାତ୍ରାବାସରେ ଆୟୋଜିତ କାର୍ଯ୍ୟକ୍ରମରେ ଅତିରିକ୍ତ ଜିଲ୍ଲାପାଳ ନୀଲୁ ମହାପାତ୍ର ଓ ଜିଲ୍ଲା କ୍ରୀଡ଼ାଧିକାରୀ ପୂର୍ଣ୍ଣଚନ୍ଦ୍ର ଜେନା ଯୋଗଦେଇ ଟିମ୍‌କୁ ଶୁଭେଚ୍ଛା ଜଣାଇଥିଲେ। ୧୭ ତାରିଖ ପର୍ଯ୍ୟନ୍ତ କଳିଙ୍ଗ ଷ୍ଟାଡ଼ିୟମ ଓ କିଟ୍ ପଡ଼ିଆରେ ରାଜ୍ୟସ୍ତରୀୟ ପ୍ରତିଯୋଗିତା ଅନୁଷ୍ଠିତ ହେବ।

# —ଶାନ୍ତିର ମାର୍ଗ—

**ଆ**ଜି ସମସ୍ତେ ଖୋଜି ବୋଲୁଛନ୍ତି ଶାନ୍ତି କାହିଁ ? ଅଶାନ୍ତ ମାନବ ଜୀବନ, ଅଶାନ୍ତ କର୍ମମୟ ଜୀବନ, ସଂସାର ଜୀବନ ସହ ଅଶାନ୍ତ ପୃଥିବୀରେ ଶାନ୍ତି ପାଇଁ ସମସ୍ତେ ବ୍ୟାକୁଳ। ଆସନ୍ତୁ ତା ଉପରେ ଗୋଟିଏ ଛୋଟିଆ ଆଲୋଚନା ରଖିବା। ଯେଉଁମାନେ ଈର୍ଷା, ଅହଂକାର ଓ ଅଜ୍ଞାନଭାବ ସମ୍ପନ୍ନ, ସେମାନେ ମାର୍ଗରୁ ଅପସରି ଯାଆନ୍ତି। ଶେଷରେ ସେମାନେ କ୍ଷତିଗ୍ରସ୍ତ ହୁଅନ୍ତି। ମଣିଷର ସର୍ବାଧିକ ପ୍ରୟୋଜନ ହେଉଛି ଶାନ୍ତି। ଶାନ୍ତି ବିନା ଜୀବନର ନିରର୍ଥକ। ପ୍ରଗାଢ଼ ଉଦ୍ୟମ ମାଧ୍ୟମରେ ହେଉ ବା ଅନ୍ୟ କୌଣସି ମାର୍ଗରେ ହେଉ ଶାନ୍ତି ଭାବର ସୁରକ୍ଷା କରିବାକୁ ପଡ଼ିବ। କୋଇଲିର ମଧୁର ଗାନ କାଉକୁ ଭଲ ଲାଗି ନପାରେ ହଂସକୁ ଦେଖି ବତକ ଖୁସି ହୋଇନପାରେ। ଆମେ ଯଦି ଆମ ଖିଆଲ ଦ୍ୱାରା ଭାସିଯିବା ଶେଷରେ ନିଜର ନିଜତ୍ୱ ହରାଇ ବସିବା।

ଧର୍ମରାଜ ରାଜା ମାନଙ୍କ ରାଜା ଥିଲେ। ସେ ଜଣେ ଶକ୍ତିଶାଳୀ ବ୍ୟକ୍ତି ଥିଲେ ଓ ସମସ୍ତ ସଦ୍‌ଗୁଣର ସାକାର ପ୍ରତିମୂର୍ତ୍ତି ଥିଲେ। ତାଙ୍କ ଚାରିଭାଇମାନେ ପ୍ରତ୍ୟେକେ ବଳଶାଳୀ ଓ ପରାକ୍ରମୀ ଥିଲେ। ଭଗବାନ ଶ୍ରୀକୃଷ୍ଣଙ୍କୁ ନିଜର ପ୍ରଭୁ ଜ୍ଞାନ କରି ଧର୍ମରାଜ ସାଧନା କରୁଥିଲେ। ପାଣ୍ଡବମାନଙ୍କ ଏତେ ସବୁ ଥାଇ ମଧ୍ୟ କ'ଣ ହେଲା? ଅଧିକରୁ ଅଧିକ ଦୁଃଖ ଯାତନା ଭୋଗିଲେ ସେମାନେ। କୌରବମାନେ ତାଙ୍କ ସ୍ତ୍ରୀଙ୍କୁ ଅବମାନନା କଲେ, ତାଙ୍କୁ ଅରଣ୍ୟକୁ ପଠାଇ ଦେଲେ। ଏ ସବୁ ସତ୍ତ୍ୱେ ଧର୍ମରାଜଙ୍କର ଶାନ୍ତଭାବ ଯୋଗୁଁ ସେମାନେ ସବୁ କିଛି ଫେରି ପାଇଲେ। ସେ ଘୋଷଣା କରି କହିଲେ, 'ଶାନ୍ତି ଆମର ଧର୍ମ, ଶାନ୍ତି ଦ୍ୱାରା ଆମେ ସବୁକିଛି ପାଇ ପାରିବା। ଦୁରାବସ୍ଥାରେ ପଡ଼ି, ଘୃଣା ଓ ଉତ୍ତେଜନା ଦ୍ୱାରା ଆମେ ଶାନ୍ତିରକ୍ଷା କରି ପାରିବା ନାହିଁ। ବରଂ ତଦ୍ୱାରା ଆମେ ସମାଜର କ୍ଷତି କରିବା।' ବାସ୍ତବିକ ଆଜିର ଦୁନିଆ ଏଇ ଶାନ୍ତି ଭାବ ଟିକକ ହରାଇ ବସିଛି। ସେଥିଲାଗି ସର୍ବତ୍ର ଗଣ୍ଡଗୋଳ। ଦୁର୍ଭିକ୍ଷ ଭୟ, ଯୁଦ୍ଧ ଭୟ, ଜାତି, ଧର୍ମ ଓ ବର୍ଣ୍ଣଗତ ସମସ୍ୟା ସର୍ବତ୍ର ପ୍ରବଳ। କ୍ଷମତା ଲୋଭ, ସ୍ୱାର୍ଥପର ଚିନ୍ତା ଓ ଆନ୍ଦୋଳନାତ୍ମକ ମାର୍ଗରେ ଛାତ୍ରମାନେ ପ୍ରବାହିତ। ଏ ସବୁର କାରଣ କ'ଣ? ଏହାର କାରଣ ଆମେ ଆମ ନିଜର ସ୍ୱଭାବ ଶାନ୍ତିକୁ ଉପଲବ୍ଧି କରିବାକୁ ଅସମର୍ଥ।

ତେବେ ସେ ଶାନ୍ତିଟି କ'ଣ? ସେ ଗୋଟିଏ ନିର୍ମଳ ପ୍ରେମ ସମ୍ଭୂତ ଗୋଟିଏ ସୁରଭିତ କଳିକା। ସତକର୍ମ ଫଳ ପ୍ରସୂତ ଏକ ସୌରଭ। ପୂର୍ବ ପୂଣ୍ୟ ଲବ୍ଧ। ଏହି ଅମୂଲ୍ୟ ଶାନ୍ତ ଭାବ ହରାଇଲେ ଆମେ ସବୁକିଛି ହରାଇବା। ପୁରାକାଳରୁ ମୁନିଋଷିମାନେ ଶାନ୍ତିର ମହତ୍ୱ ଘୋଷଣା କରି ଆସୁଛନ୍ତି। ଯେତେ ଉପହସିତ ହେଲେ ସୁଦ୍ଧା, ଅନେକ ଯୋଜନା ଭୋଗିଲେ ମଧ୍ୟ ସେମାନେ ତାଙ୍କର ଶାନ୍ତି ଅବ୍ୟାହତ ରଖି ଆସିଛନ୍ତି। ଏହି ପ୍ରାଥମିକ ବସ୍ତୁଟି ମଣିଷ ରକ୍ଷା କରିବା ଦରକାର। ବ୍ୟସ୍ତ ବିବ୍ରତ ହୋଇ ପଡ଼ିଲେ ଆମେ ନିଜର ପରିଚୟ ମଧ୍ୟ ହରାଇ ବସିବା। ମଣିଷ ହିସାବରେ ମଣିଷ ସମାଜରେ ମଣିଷର ଦାୟାଦ ହୋଇ ଜନ୍ମ ଲାଭ କରି ଯଦି ଆମେ ଯଦି ମଣିଷର ଗୁଣ ପ୍ରଦର୍ଶନ ନକରିବା ତେବେ ସେ ମାନବ ଜନ୍ମର ମୂଲ୍ୟ କ'ଣ ? ଶାନ୍ତି ଜୀବନକୁ ସୁରଭିତ କରେ। ଗୋଟିଏ କୁରାଢ଼ି ନେଇ ଚନ୍ଦନ ଗଛକୁ ହାଣିଲେ ଗଛ ସେଥିରେ ପ୍ରତିବାଦ କରେନାହିଁ ବରଂ କୁରାଢ଼ିକୁ ତାର ସୁଗନ୍ଧ ଦେଇଥାଏ। ଧୂପ କାଠିଟିରେ ଅଗ୍ନି ସଂଯୋଗ କଲେ ସେ ବିନା ବାଧାରେ ସୁଗନ୍ଧ ଖେଳାଇ ଦିଏ। ସେହି ଅନୁସାରେ ପ୍ରକୃତ ଭକ୍ତ ଓ ସାଧକ କୌଣସି ପରିସ୍ଥିତିରେ ନିଜର ଶାନ୍ତି କ୍ଷୁର୍ଣ୍ଣ ହେବାକୁ ଦେବା ଉଚିତ ନୁହେଁ, ବରଂ ଚାରିଆଡ଼େ ଆନନ୍ଦ ଖେଳାଇ ଦେବା ଉଚିତ। ଏହି ମୌଳିକ ସାଧନା ମାଧ୍ୟମରେ ଶାନ୍ତି ଲାଭ ହୋଇଥାଏ। ବାହ୍ୟଜଗତରୁ ଶାନ୍ତି ଆଦୌ ମିଳିପାରିବ ନାହିଁ। ନିକଟ ସମ୍ପର୍କୀୟଙ୍କ ପାଖରୁ ମଧ୍ୟ ନୁହେଁ, କୋଠାବାଡ଼ି ସୁନାମ ଓ ଖ୍ୟାତି କେହି ଶାନ୍ତି ଦେଇପାରିବେ ନାହିଁ। ନିଜ ଅନ୍ତରରୁ ଏହା ଉଲ୍ଲସି ଉଠେ, ବାହାରୁ କୌଣସିଠାରୁ ଏହା ଉପାର୍ଜନ କରାଯାଇପାରେ ନାହିଁ।

# ସ୍ୱତନ୍ତ୍ର ରାଜ୍ୟ ମାନ୍ୟତା

**ଆ**ଜି ଉତ୍କଳ ଦିବସ। ଏକ ଜାତି, ରାଜ୍ୟ ସର୍ବୋପରି ଆମ ସମସ୍ତଙ୍କ ପାଇଁ ସ୍ୱାଭିମାନ, ଆତ୍ମ ସମ୍ମାନ, ଆତ୍ମ ମନ୍ଥନ, ଆତ୍ମ ଚିନ୍ତନର ଦିନଟି। ୧୯୩୬ ଏପ୍ରିଲ ୧ ତାରିଖ ଦିନ ଭାଷାଭିତ୍ତିରେ ଓଡ଼ିଶା ସ୍ୱତନ୍ତ୍ର ରାଜ୍ୟ ମାନ୍ୟତା ପାଇଲା। ଅନେକଙ୍କ ଧାରଣା ସ୍ୱତନ୍ତ୍ର ଓଡ଼ିଶା ପ୍ରଦେଶ ଗଠନ ସଂପର୍କରେ ସର୍ବପ୍ରଥମେ ଉତ୍କଳ ଗୌରବ ମଧୁସୂଦନ ଦାସ ଚିନ୍ତା କରିଥିଲେ। ବାସ୍ତବ କଥା ହେଉଛି ପଣ୍ଡିତ ନୀଳକଣ୍ଠ ଦାସ ଓଡ଼ିଆ ଭାଷାଭାଷୀ ଅଞ୍ଚଳକୁ ନେଇ ସ୍ୱତନ୍ତ୍ର ପ୍ରଦେଶ ଗଠନ ସଂପର୍କରେ ପ୍ରଥମେ ଦାବି ଉପସ୍ଥାପନ କରିଥିଲେ। ୧୯୨୭ ଫେବୃୟାରୀ ୮ ତାରିଖ ଦିନ ପଣ୍ଡିତ ନୀଳକଣ୍ଠ ପ୍ରସ୍ତାବ ଆକାରରେ ଏହି ଦାବି ପେସ୍ କରିଥିଲେ। ଅନେକ ଦିନ ନିଜ ପ୍ରସ୍ତାବ ଉପରେ ଅନୁଧ୍ୟାନ କରିବା ସହିତ ସେ ତତ୍‌କାଳୀନ ବ୍ୟବସ୍ଥାସଭା ଏବଂ ବିଭିନ୍ନ ଫୋରମ୍‌ରେ ସ୍ୱଭାବ ସୁଲଭ ଢ଼ଙ୍ଗରେ ଅକାଟ୍ୟ ଯୁକ୍ତି ଉପସ୍ଥାପନ କଲେ। ପରବର୍ଷ ୭ଜଣ ବ୍ରିଟିଶ ସାଂସଦକୁ ନେଇ ଗଠିତ ଭାରତୀୟ ସାମ୍ବିଧାନିକ ଆୟୋଗ ଭାରତ ଗସ୍ତରେ ଆସିଥିଲେ। ଏହି ଆୟୋଗର ଅଧ୍ୟକ୍ଷ ଥିଲେ ସାର୍ ଜନ୍ ସାଇମନ୍। ତାଙ୍କ ନାମାନୁସାରେ ଏହାକୁ ସାଇମନ କମିଶନ କୁହାଯାଏ। ସାଇମନ କମିଶନରେ ବ୍ରିଟେନର ଭାବି ପ୍ରଧାନମନ୍ତ୍ରୀ କ୍ଲିନେଟ୍ ଅଟ୍ଟଲୀ ମଧ୍ୟ ସଦସ୍ୟ ଥିଲେ। ଭାରତରେ ଶାସନ ସଂସ୍କାର ଅନୁଧ୍ୟାନ କରିବା ପାଇଁ ୧୯୨୭ ନଭେମ୍ବରରେ ବ୍ରିଟିଶ ସରକାର ସାଇମନ କମିଶନ ଗଠନ କରିଥିଲେ। ୧୯୨୮ ଫେବୃଆରୀ ୩ରେ କମିଶନ ବମ୍ବେରେ ପହଞ୍ଚିବା କ୍ଷଣି ଆରମ୍ଭ ହୋଇଥିଲା ବିକ୍ଷୋଭ। ଅବିଳମ୍ବେ ସାରା ଦେଶରେ ହରତାଳ ପାଳିତ ହେଲା। ବିଭିନ୍ନ ସ୍ଥାନରେ ହିଂସାକାଣ୍ଡ ଘଟିଲା। ସାରା ଦେଶ ସାଇମନ କମିଶନକୁ ବିରୋଧ କରୁଥିବା ବେଳେ ମଧୁସୂଦନ ଦାସଙ୍କ ନିର୍ଦ୍ଦେଶକ କ୍ରମେ ଅଳ୍ପ କେତେକ ଓଡ଼ିଆ ପାଟନା ରେଳ ଷ୍ଟେସନରେ ସାଇମନ କମିଶନକୁ ସ୍ୱାଗତ କରି ସ୍ୱତନ୍ତ୍ର ଓଡ଼ିଶା ପ୍ରଦେଶ ଗଠନ ପାଇଁ ଏକ ସ୍ମାରକ ପତ୍ର ଦେଇଥିଲେ। କମିଶନ ବ୍ରିଟେନ ଫେରିଯିବା ପରେ ୧୯୨୯ ମସିହାରେ ସ୍ୱତନ୍ତ୍ର ଓଡ଼ିଶା ପ୍ରଦେଶ ଗଠନ ପ୍ରସ୍ତାବ ଭାରତ ସରକାରଙ୍କ କ୍ୟାବିନେଟରେ ଆଲୋଚନା ପାଇଁ ଗୃହୀତ ହେଲା। ୧୯୩୧ରେ ଗଢାଗଲା ଓଡ଼ନେଲ କମିଟି। କମିଟିଙ୍କ ସମକ୍ଷରେ ପଣ୍ଡିତ ନୀଳକଣ୍ଠ ଗୋଟିଏ ଦୀର୍ଘ ସ୍ମାରକ ପତ୍ର ଉପସ୍ଥାପନ କରିଥିଲେ। ସେତେବେଳେ ସ୍ୱତନ୍ତ୍ର ଓଡ଼ିଶା ପ୍ରଦେଶ ଗଠନକୁ ବିରୋଧ କରିଥିଲେ କଂଗ୍ରେସ ନେତା ଡକ୍ଟର ରାଜେନ୍ଦ୍ର ପ୍ରସାଦ ଯେ ଦେଶ ସ୍ୱାଧୀନ ହେବା ପରେ ରାଷ୍ଟ୍ରପତି ହୋଇଥିଲେ। ଓଡ଼ନେଲ କମିଟିଙ୍କ ରିପୋର୍ଟ ଭିତ୍ତିରେ, ପୁରୀ, କଟକ, ଗଞ୍ଜାମ, ବାଲେଶ୍ୱର, ସମ୍ବଲପୁର ଓ କୋରାପୁଟ ଏହି ୬ଟି ଅଞ୍ଚଳକୁ ନେଇ ଓଡ଼ିଶା ପ୍ରଦେଶ ଗଠନ ହେବ ବୋଲି ତତ୍‌କାଳୀନ ଇଂରେଜ ସରକାର ନିଷ୍ପତ୍ତି ନେଲେ। ବରଂ ସେହି ନିଷ୍ପତ୍ତି ୧୯୩୬ ଏପ୍ରିଲ ୧ରେ କାର୍ଯ୍ୟକାରୀ ହେଲା। ରାଜ୍ୟର ପ୍ରଥମ ରାଜ୍ୟପାଳ ରୂପେ ଶପଥ ନେଲେ ସାର୍ ଅଷ୍ଟିନ୍ ହବାକ୍। ଫଳତଃ ଓଡ଼ିଶାର ସ୍କୁଲମାନଙ୍କରେ ଓଡ଼ିଆ ଶିକ୍ଷକ ନିଯୁକ୍ତି ପାଇଲେ। ଶାସନ କ୍ଷେତ୍ରରେ ମଧ୍ୟ ଶିକ୍ଷିତ ଓଡ଼ିଆମାନଙ୍କୁ ନିଯୁକ୍ତି ମିଳିଲା। ବର୍ତ୍ତମାନର ଓଡ଼ିଆମାନେ ହୁଏତ ବିଶ୍ୱାସ କରିବେ ନାହିଁ ଯେ ୧୯୨୦ ମସିହା ପର୍ଯ୍ୟନ୍ତ ଓଡ଼ିଶାର ହାଇସ୍କୁଲ ଗୁଡ଼ିକରେ ମୁଖ୍ୟତଃ ବଙ୍ଗୀୟ ଶିକ୍ଷକଙ୍କୁ ନିଯୁକ୍ତି ମିଳୁଥିଲା। କୋର୍ଟ କଚେରୀଗୁଡ଼ିକରେ ଓକିଲାମାନଙ୍କ ମଧ୍ୟରୁ ଅଧିକାଂଶ ଥିଲେ ବଙ୍ଗାଳୀ। ସେତେବେଳେ ଓଡ଼ିଆମାନଙ୍କ ବିରୋଧରେ ଯେଉଁ ଚକ୍ରାନ୍ତ ଚାଲିଥିଲା ଡାକ୍ତର ରାଜେନ୍ଦ୍ର ପ୍ରସାଦ ଥିଲେ ତାହାର ପୁରୋଭାଗରେ। ହିନ୍ଦୀ ଭାଷୀମାନେ ସମ୍ବଲପୁରରେ ହିନ୍ଦୀ ଏବଂ ବଙ୍ଗୀୟମାନେ ଓଡ଼ିଶାର ଅବଶିଷ୍ଟ ଇଲାକାରେ ବଙ୍ଗଳା ପ୍ରଚଳନ ପାଇଁ ଷଡ଼ଯନ୍ତ୍ର କରିଥିଲେ। ଏମାନଙ୍କ ଚକ୍ରାନ୍ତକୁ ପଣ୍ଡ କରିଥିବା ପ୍ରାତଃ ସ୍ମରଣୀୟ ବ୍ୟକ୍ତିମାନଙ୍କ ମଧ୍ୟରେ ନୀଳକଣ୍ଠ ଦାସ, ମଧୁସୂଦନ ଦାସ, ଫକୀରମୋହନ ସେନାପତି, ଗୋପବନ୍ଧୁ ଦାସ, ଗଙ୍ଗାଧର ମେହେର, କୃଷ୍ଣଚନ୍ଦ୍ର ଗଜପତି, ବାସୁଦେବ ସୁଢ଼ଳ ଦେବ ପ୍ରମୁଖ ଅନ୍ୟତମ। ଏମାନେ ପ୍ରଗାଢ଼ ଉଦ୍ୟମ ଜାରି ରଖି ନଥିଲେ ହୁଏତ ସ୍ୱତନ୍ତ୍ର ଓଡ଼ିଶା ପ୍ରଦେଶ ଗଠନ ବିଳମ୍ବିତ ହୋଇଥାନ୍ତା।

## କୁଖ୍ୟାତ କାର ଠକ ଗିରଫ

ଫୁଲନଖରା (ପିଏନ୍)-ବିଭିନ୍ନ ଜିଲାରୁ କାର ଲୁଟ କରିବା ଅଭିଯୋଗରେ ସଦର ଥାନା ପୋଲିସ ଜଣେ ପୁରୁଣା କାର ଲୁଟେରାକୁ ଗିରଫ କରିଛି। ତା' ନିକଟରୁ ଏକ ମାରୁତି ବଲେନୋ କାର ଜବତ ହୋଇଛି। ପୁଲିସ ସୂତ୍ରରୁ ପ୍ରକାଶ ଯେ, ସଦର ଥାନା ସାଇଁଶୋ ମୌଜାର ରଂଜନକୁମାର ବେହେରା (୨୯) କାର ମାଲିକ ମାନଙ୍କ ନିକଟକୁ ଯାଇ ସେମାନଙ୍କ କାର ବିକ୍ରି କରିଦେବାକୁ କହି କୌଶଳକ୍ରମେ ଗାଡ଼ି ନେଇ ଯାଉଥିଲା। ପ୍ରଥମେ ଅଳ୍ପ କିଛି ଟଙ୍କା ଦେଲାପରେ ଆଉ ଧରାଛୁଆଁ ଦେଉ ନ ଥିଲା। ଏଭଳି କାରବାର ସେ ଆଠଗଡ଼, ଖୁଣ୍ଟୁଣି, ଲକ୍ଷ୍ମୀସାଗର, ଚାଉଳିଆଗଂଜ, ବାଦାମବାଡ଼ି ସମେତ ସଦର ଥାନା ଅଞ୍ଚଳରେ ଦୀର୍ଘଦିନ ଧରି ଚଳାଇଆସିଛି। ଏହି ଘଟଣାରେ ସେ ପୂର୍ବରୁ ଜେଲ ମଧ୍ୟ ଯାଇଥିବା ପୁଲିସ ଜାଣିବାକୁ ପାଇଛି। କଟକର ଲିଲି ନାୟକ ନାମକ ଜଣେ ମହିଳାଙ୍କ ବଲେନୋ କାରକୁ ବିକିଦେବ କହି ତାଙ୍କ ସହିତ ଚୁକ୍ତି କରିଥିଲା। ମାତ୍ର ଏ ବାବଦ ଟଙ୍କା ପରିଶୋଧ ନକରି ଲୁଚିବାରୁ ଲିଲି ସଦର ଥାନାରେ ଏତଲା ଦେଇଥିଲେ। ଏହାକୁ ଭିତ୍ତିକରି ପୁଲିସ ତଦନ୍ତ କରିବା ସହିତ ଅଭିଯୁକ୍ତ ରଂଜନକୁ ଗିରଫ କରି କୋର୍ଟ ଚାଲାଣ କରିଥିବା ଆଇଆଇସି ରଶ୍ମିରଂଜନ ମହାପାତ୍ର କହିଛନ୍ତି।

## ବିଜେବି କଲେଜରେ ବୈଭବୀ ଦାଶଙ୍କୁ ଉଦୟନାଥ ସ୍ମାରକୀ ସମ୍ମାନ

ଭୁବନେଶ୍ୱର (ପିଏନ୍): ଯୁକ୍ତ ୩ ବିଜେବି ମହାବିଦ୍ୟାଳୟର ଆନ୍ଥ୍ରୋପଲୋଜି ବିଭାଗରେ ସର୍ବଶ୍ରେଷ୍ଠ ନମ୍ବର ରଖିଥିବା ବୈଭବୀ ଦାଶଙ୍କୁ ଉଦୟନାଥ ସ୍ମାରକୀ ସମ୍ମାନ ପ୍ରଦାନ କରାଯାଇଛି। ଏଥିସହ ୪ ହଜାର ଟଙ୍କା ପୁରସ୍କାର ରାଶି ପ୍ରଦାନ କରାଯାଇଛି। ଏହି ସମ୍ମାନ ପ୍ରଦାନ ବେଳେ କଲେଜର ଅଧ୍ୟକ୍ଷ ଡ଼ ନିରଂଜନ ମିଶ୍ର, ଆନ୍ଥ୍ରୋପଲୋଜି ବିଭାଗର ମୁଖ୍ୟ ଇତିଶ୍ରୀ ପାଢ଼ୀ ଓ ସୋସଲଜି ବିଭାଗ ମୁଖ୍ୟ ବିଭାବରୀ ବଳ ପ୍ରମୁଖ ଉପସ୍ଥିତ ଥିଲେ।

## ବିଦ୍ୟୁତ ଗ୍ରାହକ ସେବା କେନ୍ଦ୍ର ଉଦ୍‌ଘାଟିତ



ଫୁଲନଖରା (ପିଏନ୍)-କଟକ ବିଦ୍ୟୁତ ମଣ୍ଡଳ ଗୋପାଳପୁର ଉପଖଣ୍ଡ ଅଧିନ ଅଡ଼ଶପୁର ପ୍ରଭାଗଦ୍ୱାରା ଫତେଗଡ଼ଠାରେ ଏକ ଗ୍ରାହକ ସେବା କେନ୍ଦ୍ର କାର୍ଯ୍ୟକ୍ଷମ ହୋଇଛି। ଆଜାଦି କା ଅମୃତ ମହୋତ୍ସବ ଅବସରରେ ଉଦଘାଟିତ ଏହି ଉତ୍ସବରେ ଟାଟା ପାୱାର କଟକ ମଣ୍ଡଳ ଅଧିକ୍ଷଣ ଯନ୍ତ୍ରୀ ଇଂ. ଦେବାଶିଷ ପଟ୍ଟନାୟକ, କାର୍ଯ୍ୟନିର୍ବାହୀ ଯନ୍ତ୍ରୀ ଇଂ. ମନୋଜକୁମାର ସାହୁ, ଗୋପାଳପୁର ଏସଡ଼ିଓ ଇଂ. ଛବିଳ ବେହେରା ଓ ରଂଜନକୁମାର ଜେନା ଅତିଥିରୂପେ ଯୋଗ ଦେଇଥିଲେ। ଏହି କେନ୍ଦ୍ରଦ୍ୱାରା ବିଦ୍ୟୁତ ଉପଭୋକ୍ତାମାନଙ୍କୁ ତ୍ୱରିତ ସେବା ଯୋଗାଇ ଦିଆଯିବ ବୋଲି ଅତିଥିମାନେ ଆଶା ପ୍ରକାଶ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ହିମାଂଶୁ ଶର୍ମା, ଚିତ୍ତରଂଜନ ବିଶ୍ୱାଳ, ସରପଞ୍ଚ ସୁରେଶ ଭୋଇ, ବିଶ୍ୱରଂଜନ ସାହୁ, ଜ୍ଞାନରଂଜନ ମହାନ୍ତି, ପ୍ରବୋଧ ରଣା ପ୍ରମୁଖ ଉପସ୍ଥିତ ଥିଲେ। ରଶ୍ମିରଂଜନ ମହାନ୍ତି, ରମେଶ ଜେନା, ଚକ୍ରଧର ମହାରଣା, ବସନ୍ତ ପ୍ରତାପ, ମନ୍ମଥ ଘୋଷ, ରବିନ୍ଦ୍ର ସାହୁ ଓ ତ୍ରିନାଥ ଜେନା ପ୍ରମୁଖ ଲାଇନମ୍ୟାନ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।


# DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road, Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

Pragyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# ଶ୍ରୀକ୍ଷେତ୍ର ପରିକ୍ରମା ପ୍ରକଳ୍ପ ଲୋକାର୍ପଣ ଅବସରରେ ପାରାଦୀପ ପ୍ରେସ ଛକ ଉନ୍ନତିକରଣ କାର୍ଯ୍ୟର ହେଲା ଶିଳାନ୍ୟାସ



ପାରାଦୀପ,(ପି.ଏନ): ଜାନୁଆରୀ ୧୭ ତାରିଖ ଶ୍ରୀକ୍ଷେତ୍ର ପୁରୀର ପରିକ୍ରମା ପ୍ରକଳ୍ପ ମୁଖ୍ୟମନ୍ତ୍ରୀ ନବୀନ ପଟନାୟକ ଲୋକାର୍ପଣ କରିବା ଅବସରରେ ପାରାଦୀପ ର ବଡପଡ଼ିଆ ସ୍ଥିତ 'ପାରାଦୀପ ପ୍ରେସ ଛକ' ର ଉନ୍ନତିକରଣ କାର୍ଯ୍ୟର ଶିଳାନ୍ୟାସ କରିଛନ୍ତି ପାରାଦୀପ ପୌରାଧ୍ୟକ୍ଷ ବସନ୍ତ ବିଶ୍ୱାଳ । ବୁଧବାର ପୂର୍ବାହ୍ନ ୧୦ ଟା ସମୟରେ ଯଥା ରୀତି, ନୀତି ରେ ପୂଜାର୍ଚ୍ଚନା ଓ ନଡ଼ିଆ ବାଡେଇ ଏହି କାର୍ଯ୍ୟର ଶୁଭାରମ୍ଭ ହୋଇଥିଲା । ସ୍ଥାନୀୟ କାର୍ଯ୍ୟରତ ସାମ୍ବାଦିକ ମାନଙ୍କ ଅନୁରୋଧ କ୍ରମେ ପୌରପାଳିକା ପକ୍ଷରୁ ପୌରାଧ୍ୟକ୍ଷ ଶ୍ରୀ ବିଶ୍ୱାଳ ଏହି କାର୍ଯ୍ୟର ଆଜି ଶୁଭାରମ୍ଭ କରିଥିଲେ । ଏହି ଅବସରରେ ଅନ୍ୟମାନଙ୍କ ମଧ୍ୟରେ ପାରାଦୀପ ଆଦର୍ଶ ଥାନାର ଅଧିକାରୀ ସୁଚିତ୍ର ବୀର୍ଯ୍ୟ ଦାସ, ୧୫ ନମ୍ବର ୱାର୍ଡ ର ପାରିଷଦ ସୌଦାମିନୀ ସାହୁ,ସମାଜସେବୀ ଗୋଲେଖ ଚ଼ନ୍ଦ୍ର ସାହୁ, ସାମ୍ବାଦିକ ଶୁକଦେବ ଜେନା,ଶଶାଙ୍କ ଆଚ଼ାର୍ଯ୍ୟ, ରବୀନ୍ଦ୍ର ଜେନା, ସଞ୍ଜୟ ମିଶ୍ର, ବିବେକାନନ୍ଦ ରାଉତ, ପୁରୁଷୋତ୍ତମ ଶତପଥୀ, ରାକେଶ ପଟ୍ଟନାୟକ, ସୁଧାଂଶୁ ନାୟକ, କର୍ମେଶ୍ୱର ସ୍ୱାଇଁ ପ୍ରମୁଖ ଉପସ୍ଥିତ ଥିଲେ । ତେବେ ପ୍ରେସ ଛକ ର ଉନ୍ନତିକରଣ ପଦକ୍ଷେପ ପାଇଁ କାର୍ଯ୍ୟରତ ସାମ୍ବାଦିକ ମାନେ ପୌରାଧ୍ୟକ୍ଷ ଶ୍ରୀ ବିଶ୍ୱାଳ ଙ୍କୁ ପ୍ରଶଂସା କରିବା ସହ ସାଧୁବାଦ ଜଣାଇଛନ୍ତି ।

# ଓଡ଼ିଶୀ ନୃତ୍ୟ ମହାକୁମ୍ଭରେ ମୁକ୍ତେଶ୍ୱର ନୃତ୍ୟ ଉତ୍ସବ ଆରମ୍ଭ

ଭୁବନେଶ୍ୱର,(ପି.ଏନ):ରାଜ୍ୟ ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ଆନୁକୁଲ୍ୟରେ ଓଡ଼ିଶା ସଙ୍ଗୀତ ନାଟକ ଏକାଡ଼େମୀ ଦ୍ୱାରା ଆୟୋଜିତ ମୁକ୍ତେଶ୍ୱର ନୃତ୍ୟ ଉତ୍ସବ ଆଜିଠାରୁ ତିନିଦିନ ଧରି ଦଶମ ଶତାବ୍ଦୀରେ ନିର୍ମିତ କାରୁକାର୍ଯ୍ୟପୂର୍ଣ୍ଣ ମୁକ୍ତେଶ୍ୱର ମନ୍ଦିର ପ୍ରାଙ୍ଗଣରେ ଶୁଭ ଉଦ୍‌ଘାଟିତ ହୋଇଥିଲା । ଏହି ଉତ୍ସବର ମୁଖ୍ୟ ଉଦ୍ଦେଶ୍ୟ ହେଉଛି ଓଡ଼ିଶୀ ଶାସ୍ତ୍ରୀୟ ନୃତ୍ୟ ଶୈଳୀ ଯଥା ଏକକ, ଦ୍ୱୈତ୍ୟ ଓ ଦଳଗତ ନୃତ୍ୟକୁ ଗୋଟିଏ ମଞ୍ଚରେ ଦେଶ ତଥା ଦେଶ ବାହାରୁ ଆସୁଥିବା ନୃତ୍ୟଶିଳ୍ପୀଙ୍କୁ ଉପସ୍ଥାପନ କରାଇବା ସହିତ ଓଡ଼ିଶୀ ନୃତ୍ୟର ପ୍ରଚାର ଓ ପ୍ରସାର ଦେଶ ତଥା ଦେଶ ବାହାରେ କରାଇବା । ଉଦ୍‌ଘାଟନୀ ସନ୍ଧ୍ୟାର ଅତିଥିମାନେ ଥିଲେ ମାନ୍ୟବର ଭିନ୍ନକ୍ଷମ, ସାମାଜିକ ସୁରକ୍ଷା, ସଶକ୍ତିକରଣ, ସରକାରୀ ଉଦ୍ୟୋଗ, ବିଜ୍ଞାନ ଓ ପ୍ରଯୁକ୍ତି ବିଦ୍ୟା ମନ୍ତ୍ରୀ ଅଶୋକ ଚନ୍ଦ୍ର ପଣ୍ଡା; ଓଡ଼ିଶାର ମୁଖ୍ୟ ଶାସନ ସଚିବ ପ୍ରଦୀପ କୁମାର ଜେନା; ଓଡ଼ିଆ ଭାଷା, ସାହିତ ?ୟ ଓ ସଂସ୍କୃତି ବିଭାଗର ଶାସନ ସଚିବ ସୁଜାତା ରାଉତ କାର୍ତ୍ତିକେୟନ୍; ଓଡ଼ିଆ ଭାଷା, ସାହିତ ?ୟ ଓ ସଂସ୍କୃତି ବିଭାଗର ନିର୍ଦ୍ଦେଶକ ଦିଲୀପ ରାଉତରାୟ; ବିଶିଷ୍ଟ ଓଡ଼ିଶୀ ନୃତ୍ୟାଙ୍ଗନା ତଥା ଓଡ଼ିଶା ସଙ୍ଗୀତ ନାଟକ ଏକାଡ଼େମୀର ସଭାପତି ଗୁରୁ ଅରୁଣା ମହାନ୍ତି ଏବଂ ଓଡ଼ିଶା ସଙ୍ଗୀତ ନାଟକ ଏକାଡ଼େମୀର ସଚିବ ପ୍ରବୋଧ କୁମାର ରଥ । ସନ୍ଧ୍ୟାର ପ୍ରଥମ କାର୍ଯ୍ୟକ୍ରମ ଆରମ୍ଭ ହୋଇଥିଲା ଶିବ ବନ୍ଦନା - ଶ୍ରୀ ରୁଦ୍ରାଷ୍ଟକମ୍ ଯାହାକୁ ପରିବେଷଣ କରିଥିଲେ ପ୍ରଦୀପ କୁମାର ଦାସ ଓ ସାଥୀ । ପରବର୍ତ୍ତୀ କାର୍ଯ୍ୟକ୍ରମ ଥିଲା ନୂଆଦିଲ୍ଲୀରୁ ଆସିଥିବା ବିଶିଷ୍ଟ ଓଡ଼ିଶୀ ନୃତ୍ୟ ଶିଳ୍ପୀ କବିତା ଦ୍ୱିବେଦୀଙ୍କ ଦ୍ୱାରା ଏକକ ଓଡ଼ିଶୀ ନୃତ୍ୟ ପରିବେଷଣ । ତାଙ୍କର ପରିବେଷଣରେ ଥିଲା ଅଭିଶପ୍ତା କେତକୀ ଯାହାର ସଙ୍ଗୀତ ସଂଯୋଜନା ଲକ୍ଷ୍ମୀକାନ୍ତ ପାଲିତ୍ ଓ ନୃତ୍ୟ ସଂରଚନା ନିଜେ କବିତା ଦ୍ୱିବେଦୀ କରିଥିଲେ । ପରେ ପରେ ଯୁଗ୍ମ ନୃତ୍ୟ କାର୍ଯ୍ୟକ୍ରମରେ ନୂଆଦିଲ୍ଲୀରୁ ଆସିଥିବା ଶୋଭା ବିସିତ୍ ଓ ଦୀପିକା ବିସିତ୍‌ଙ୍କ ଦ୍ୱାରା ପ୍ରଥମେ ଶିବଙ୍କ ଉପରେ ନିବନ୍ଧ ନଟରାଜ ପରିବେଷଣ କରିଥିଲେ ଯାହାର ନୃତ୍ୟ ସଂରଚନା କରିଥିଲେ ଗୁରୁ ମାଧବୀ ମୁଦ୍‌ଗଲ୍ ପରେ ପରେ କାଳୀଦାସଙ୍କ ରଚିତ ଅଭିନୟ ବସନ୍ତ ପରିବେଷଣ କରିଥିଲେ । ତାଙ୍କର ଅନ୍ତିମ ଅର୍ଘରେ ଥିଲା ପଲ୍ଲବୀ ଯାହା ରାଗ ଗୁଣ୍ଡକେମର ଓ ତାଳ ତ୍ରିପଟା ଉପରେ ନିବନ୍ଧ ଥିଲା । ଶେଷ କାର୍ଯ୍ୟକ୍ରମ ଥିଲା ବାଙ୍ଗାଲୋରରୁ ଆସିଥିବା ମଧୁଲିତା ମହାପାତ୍ରଙ୍କ ଦ୍ୱାରା ପ୍ରତିଷ୍ଠିତ ନୃତ୍ୟାନ୍ତର ଅନୁଷ୍ଠାନର ଶିଳ୍ପୀମାନଙ୍କ ଦ୍ୱାରା ଦଳଗତ ନୃତ୍ୟ । ସେମାନେ ପ୍ରଥମେ ଈଶ୍ୱରୀ ଓ ପରେ ପରେ ମହ୍ଲାର ପଲ୍ଲବୀ ପରିବେଷଣ କରିଥିଲେ ଯାହାର ନୃତ୍ୟ ସଂରଚନା କରିଥିଲେ ଗୁରୁ ମଧୁଲିତା ମହାପାତ୍ର ଯାହାକୁ ଦର୍ଶକ ମୁକ୍ତେଶ୍ୱର ମନ୍ଦିର ପ୍ରାଙ୍ଗଣରେ ଉପସ୍ଥିତ ରହି ଉପଭୋଗ କରିଥିଲେ । କାର୍ଯ୍ୟକ୍ରମକୁ ସଂଚାଳନା କରିଥିଲେ ଡ଼. ଶ୍ରୀନିବାସ ଘଟୁଆରୀ ଏବଂ ନାଜିଆ ଆଲାମ୍ । ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ଓ ଓଡ଼ିଶା ସଙ୍ଗୀତ ନାଟକ ଏକାଡ଼େମୀର ଅଧିକାରୀ ବୃନ୍ଦ ଉପସ୍ଥିତ ରହି କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ । ଏହି ନୃତ୍ୟ ଉତ୍ସବର ସିଧା ପ୍ରସାରଣ ଦୂରଦର୍ଶନର କେନ୍ଦ୍ରର ଡ଼ି ଡ଼ି ଭାରତୀ ଏବଂ ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗର ସୋସିଆଲ ମିଡ଼ିଆ ପାଲ୍ଟଫର୍ମରେ କରାଯାଉଅଛି ।



# ସ୍ୱତନ୍ତ୍ର ଉନ୍ନୟନ ପରିଷଦ ବୈଠକ, ଆଦିବାସୀଙ୍କ ବିକାଶ ସମ୍ପର୍କରେ ସମୀକ୍ଷା

ନୂଆପଡ଼ା,(ପି.ଏନ): ସ୍ଥାନୀୟ ସିଲଦାସ୍ଥିତ ଜିଲ୍ଲା ପଞ୍ଚାୟତ ସାଧନ କେନ୍ଦ୍ରରେ ଜିଲ୍ଲାସ୍ତରୀୟ ସ୍ୱତନ୍ତ୍ର ଉନ୍ନୟନ ପରିଷଦ ବୈଠକ ଅନୁଷ୍ଠିତ ହୋଇଛି। ଜିଲ୍ଲାପାଳ ହେମକାନ୍ତ ସୟଙ୍କ ଅଧ୍ୟକ୍ଷତାରେ ଆୟୋଜିତ ବୈଠକରେ ମୁଖ୍ୟଅତିଥି ଭାବେ ରାଜ୍ୟ ସ୍ୱତନ୍ତ୍ର ଉନ୍ନୟନ ପରିଷଦ ଉପଦେଷ୍ଟା ପ୍ରଦୀପ ମାଝି, ସମ୍ମାନିତ ଅତିଥି ଭାବେ ଜିଲ୍ଲା ପରିଷଦ ଅଧ୍ୟକ୍ଷା ଡଲି ମାଝି, ଉପାଧ୍ୟକ୍ଷା ଦୀପିକା ଦୀପ, ଜିଲ୍ଲା ପରିଷଦ କାର୍ଯ୍ୟନିର୍ବାହୀ ଅଧିକାରୀ ମଧୁଛନ୍ଦା ସାହୁ ପ୍ରମୁଖ ମଞ୍ଚାସୀନ ଥିଲେ। ଜିଲ୍ଲା ସ୍ୱତନ୍ତ୍ର ଉନ୍ନୟନ ପରିଷଦ ଅଧ୍ୟକ୍ଷ ଭଗତରାମ ମାଝି କାର୍ଯ୍ୟକ୍ରମକୁ ପରିଚ଼ାଳନା କରିଥିଲେ । ଜିଲ୍ଲା ମଙ୍ଗଳ ଅଧିକାରୀ ଦୀପ୍ତମନ୍ତ ଭୋଇ ସ୍ୱାଗତ ଭାଷଣ ଦେଇଥିଲେ। ଆଦିବାସୀଙ୍କ ବିକାଶ ପାଇଁ ରାଜ୍ୟ ସରକାର ସ୍ୱତନ୍ତ୍ର ଉନ୍ନୟନ ପରିଷଦ ଗଠନ କରିଛନ୍ତି। ଏବର୍ଷ ନୂଆପଡ଼ା ଜିଲ୍ଲାକୁ ୫.୫ କୋଟି ଟଙ୍କା ଦେଇଛନ୍ତି। ଏଥିରେ ଆଦିବାସୀ ଅଞ୍ଚଳର ବିକାଶମୂଳକ କାମରେ ଖର୍ଚ୍ଚ ହେବ ବୋଲି ଉପଦେଷ୍ଟା ଶ୍ରୀ ମାଝି କହିଛନ୍ତି। ଜିଲ୍ଲାରେ ଆଦିବାସୀଙ୍କ ପରମ୍ପରା, ସଂସ୍କୃତି ଓ ଭାଷା କିପରି ସୁରକ୍ଷିତ ରହିବ ତା' ଉପରେ ଆଲୋଚ଼ନା ହୋଇଥିଲା। ସେହିପରି ଜିଲ୍ଲାରେ ଚ଼କୋଟିଆ ଭୁଞ୍ଜିଆ ସଂପ୍ରଦାୟ ଯୋଜାନରେ ବଞ୍ଚିତ ଭୁଞ୍ଜିଆକୁ ତୁରନ୍ତ ସାମିଲ କରିବାକୁ ବୈଠକରେ ଆଲୋଚ଼ନା ହେଇଥିଲା । ଏହି ବୈଠକରେ ନୂଆପଡ଼ା ଆଦିବାସୀ କଲ୍ୟାଣ ସଂଘ ସଭାପତି ଭାନୁ ପ୍ରତାପ ସିଂ ମାଝୀ, ସଂପାଦକ ବାଳକୃଷ୍ଣ ଶବର, ଉପସଭାପତି କମଲେଶ ସିଂ ଠାକୁର, ଈଶ୍ୱର ନାଏକ, ସୋମନାଥ ଖମାରୀ, ମୁରଲୀ ଭୋଇ, କାର୍ତ୍ତିକ ଦୀପ, ହରି ମାଝୀ, ଭକ୍ତବନ୍ଧୁ ଧରୁଆ, ଯୋଗେନ୍ଦ୍ର ମାଝୀ, ଲାଲସିଂ ମାଝୀ, ଉମା ଠାକୁର, ପ୍ରସନ୍ନ ମାଝୀ, ଦୟାସାଗର ମିଥ୍ରା ପ୍ରମୁଖ ଉପସ୍ଥିତ ଥିଲେ ।

# ଇ ର ସ୍କୁଲ ତାଇକଣ୍ଡୁ ପୁମ୍‌ସେ ଚମ୍ପିୟାନସିପ

ଭୁବନେଶ୍ୱର,(ପି.ଏନ): ଭୁବନେଶ୍ୱର ତାଇକଣ୍ଡୁ ପକ୍ଷରୁ ଇ ର ସ୍କୁଲ ତାଇକଣ୍ଡୁ ପୁମ୍‌ସେ ଚମ୍ପିୟାନସିପ ୨୦୨୪ ଷ୍ଟୁଆର୍ଟ ସ୍କୁଲ ପରିସରରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଓଡିଶାର ବିଭିନ୍ନ ଜିଲ୍ଲାରୁ ପ୍ରାୟ ୩୪ ଟି ସ୍କୁଲର ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ। ୧୦, ୧୨, ୧୪ ଓ ୧୬ ବର୍ଷ ଚାରୋଟି ଭାଗରେ ପ୍ରତିଯୋଗିତା ହୋଇଥିଲା। ୧୦ ବର୍ଷ ବିଭାଗରେ ବଳରାମ ଡିଫେନ୍ସ ସ୍କୁଲ, ୧୨ ବର୍ଷରେ ଅମର ତାଇକଣ୍ଡୁ ଏକାଡେମୀ, ୧୪ରେ ଜି ଡି ଗୋଏଙ୍କା ପବ୍ଲିକ ସ୍କୁଲ , ୧୬ ବର୍ଷ ବିଭାଗରେ ଓଡିଏମ ପବ୍ଲିକ ସ୍କୁଲ ଚମ୍ପିୟାନ ହୋଇଥିଲା ବେଳେ ଏସଏନ ତାଇକଣ୍ଡୁ ଏକାଡେମୀ ସାମୂହିକ ଚମ୍ପିୟାନ ହୋଇଥିଲା।

# ମାଟି ଏବଂ ପଲିଥିନ୍ ଘରେ ବିତୁଛି ଜୀବନ

ଘଟଗାଁ(ପିଏନ)-ଉଭୟ କେନ୍ଦ୍ର ଏବଂ ରାଜ୍ୟ ପ୍ରତ୍ୟେକ ଦିନ ଅନେକ ଗରିବ ବାସହରା ହିତାଧିକାରୀଙ୍କୁ ରାଜ୍ୟ ସରକାରଙ୍କ ବିଜୁ ପକ୍କା ଘର କିମ୍ବା କେନ୍ଦ୍ର ସରକାରଙ୍କ ପ୍ରଧାନମନ୍ତ୍ରୀ ଆବାସ ଯୋଜନା ଅନ୍ତର୍ଭୁକ୍ତ କରାଇ ଘର ଯୋଗାଉଥିବା ଦେଖିବାକୁ ମିଳୁଥିବା ବେଳେ ଅନେକ ଲୋକ ଆଜିବି ଝାଟି ମାଟି ଏବଂ ପାଲ ପଲିଥିନ୍ ଘରେ ଜୀବନ ବିତାଉଥିବା ଦେଖିବାକୁ ମିଳୁଛି । ଏଭଳି ଏକ ଅବିକଳ ଚିତ୍ର ଦେଖିବାକୁ ମିଳିଛି କେନ୍ଦୁଝର ଜିଲ୍ଲା ଘଟଗାଁ ବ୍ଲକ୍ ଅନ୍ତର୍ଗତ ସୁନାରୀପଶୀ ଗାଁରେ । ଗାଁର ଚରଣ ମୁଣ୍ଡା ଆଜକୁ ତିନି ବର୍ଷ ହେବ ଏକ ଝାଟି, ପିଲିଥିନ୍‌କୁ ଘରର କାନ୍ଥ କରି ରହୁଥିବା ଦେଖିବାକୁ ମିଳୁଛି । ଚରଣ ଦିନ ମଜୁରୀଆ ହୋଇଥିବାରୁ ଘର ଖଣ୍ଡିଏ ବନାଇବାକୁ ସକ୍ଷମ ନାହିଁ ତାର । କେନ୍ଦୁଝର ଜିଲ୍ଲା ଘଟଗାଁ ବ୍ଲକ୍ ଅନ୍ତର୍ଗତ ସୁନାରିପଶୀ ଗାଁର ରାଜାବନ୍ଧ ସାହିର ଚରଣ ମୁଣ୍ଡା । ବୟସ ପାଖାପାଖି ୪୦ ହେବ । ପରିବାରରେ ସ୍ତ୍ରୀ ସହିତ ତିନୋଟି ପୁଅ । ଚରଣ ଜଣେ ଦିନ ମଜୁରୀଆ ଖଟିଖିଆ ଲୋକ । ପ୍ରତ୍ୟେକ ଦିନ ଯାହା ମୁଲମଜୁରି କରି ଆଣିଥାଏ, ସେସବୁ ପରିବାରର ଖାଇବାକୁ ମଧ ଅଂଟେନାହିଁ । ପୂର୍ବରୁ ସେ ବରାହଟିପୁରା ଗାଁରେ ରହୁଥିଲେ, ବାପା ଚାଲି ଗଲା ପରେ ବାସ ହରା ହୋଇ ଆଜକୁ ତିନି ବର୍ଷ ହେବ ସୁନାରିପଶି ଗାଁର ରଜାବନ୍ଧ ସାହିରେ ରହୁଛନ୍ତି । ଚରଣ ସ୍ତ୍ରୀ ସହିତ ତିନି ପୁଅଙ୍କୁ ନେଇ ନାହିଁ ନଥିବା ଅଭାବ ଅନଟନରେ ଜୀବନ ବିତାଉଛନ୍ତି । ଠିକ୍‌ସେ ନିଜ ପରିବାରର ଗୁଜରାଣ ମେଂଟାଇପାରୁ ନଥିବା ଚରଣ ଘର ଖଣ୍ଡିଏ ବନାଇବା ପାଇଁ ତା ପାଖରେ ସମ୍ବଳ ନାହିଁ । ଯାହାଫଳରେ ଆଜକୁ ତିନି ବର୍ଷରୁ ଉର୍ଦ୍ଧ୍ୱ ହେବ ଝାଟି, ପଲିଥିନକୁ କାନ୍ଥ କରି ଗୋଟିଏ ଝାଟି ଘରେ ରହୁଛନ୍ତି । ଘର ଖଣ୍ଡିଏ ପାଇଁ ବାରମ୍ବାର ବ୍ଲକ୍ ପ୍ରଶାସନର ଦ୍ୱାରସ୍ଥ ହୋଇଥିଲେ ମଧ ଆଜି ପର୍ଯ୍ୟନ୍ତ ତାଙ୍କ ପାଇଁ ସରକାଙ୍ଗ ପ୍ରଧାନ ମନ୍ତ୍ରୀ ଏବଂ ବିଜୁ ବିଜୁ ପକ୍କା ଘର ଯୋଜନା ସାତସପନ । ତେବେ ବାସ ହରା ଲୋକମାନଙ୍କ ପାଇଁ ସରକାର ମାଳ ମାଳ ଯୋଜନା କରୁଥିଲେ ମଧ ଆଜିବି ଅନେକ ଲୋକ ଏଭଳି ଅବସ୍ଥାରେ ଝାଟି, ପଲିଥିନ୍‌କୁ କାନ୍ଥ କରି ରହୁଛନ୍ତି । ଚରଣ ମଧ ଆଜକୁ ତିନି ବର୍ଷ ହେବ ଏହି ଝାଟିମାଟିରେ ତିଆରି କାନ୍ଥ ପାଂଚ ଜଣ ପରିବାରକୁ ନେଇ ଏଭଳି ଦୁର୍ଦ୍ଦିନରେ ରହୁଛି । ତେବେ ଆମ ପ୍ରତିନିଧି ଚରଣଙ୍କ କରୁଣ କାହାଣୀ ଘଟଗାଁ ବିଡିଓଙ୍କ ପାଖରେ ଅବଗତ କରାଇବାରୁ ସେ ଖୁବଶିଘ୍ର ସରକାରଙ୍କ ଆବାସ କିମ୍ବା ପକ୍କା ଘର ଯୋଜନାରେ ଅନ୍ତର୍ଭୁକ୍ତ କରାଇ ଘର ଖଣ୍ଡିଏ ଦେବାର ବ୍ୟବସ୍ଥା କରିବେ ବୋଲି ପ୍ରତିସୃତି ଦେଇଛନ୍ତିମ ।

# ମହିଳାଙ୍କୁ ହତ୍ୟା ଘଟଣାରେ ପୋଲିସର ଉଦାସୀନତା ବିରୋଧରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଧାରଣା

କେନ୍ଦ୍ରାପଡା, (ପିଏନ)-ଅଧିକ ଯୌତୁକ ଦାବିକରି ମହିଳାଙ୍କୁ ନିର୍ଯ୍ୟାତନା ଦେଇ ହତ୍ୟା କରିଥିବା ଘଟଣାରେ ପୋଲିସର ଉଦାସୀନତା ପ୍ରତିବାଦରେ ଗୁରୁବାର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଧାରଣା ଦେଇଛନ୍ତି ମୃତ ମହିଳାଙ୍କ ପରିବାର ଲୋକେ । ଅଭିଯୋଗ ଅନୁଯାଇ ପଟ୍ଟାମୁଣ୍ଡାଇ ଥାନା ଅନ୍ତର୍ଗତ ଜରିଆବାଡ ଗ୍ରାମର ବୁଲାକର ମଳିକଙ୍କ ପୁଅ ନାରାୟଣ ମଳିକ ସଦର ଥାନାରେ ଅଭିଯୋଗ କରିଛନ୍ତି ଯେ ତାଙ୍କ ଭଉଣୀ ସସ୍ମିତା ମଳିକ ଗତ ୧୪ବର୍ଷ ତଳେ ସଦର ଥାନା ଅନ୍ତର୍ଗତ ଗରାପୁର ଗ୍ରାମର ବାଇଧର ମଳିକଙ୍କୁ ବିବାହ କରିଥିଲେ । ବିବାହର କିଛିଦିନ ପରେ ଉଭୟ ସସ୍ମିତା ଓ ବାଇଧରଙ୍କ ମଧ୍ୟରେ ପାଟିଗୋଳ ଆରମ୍ଭ ହୋଇଥିଲା । କାରଣ ବାଇଧର ଅନ୍ୟଏକ ଝିଅକୁ ଭଲପାଉଥିଲା । ଏହି ପାଟିଗୋଳ ହେବା ପରେ ତାଙ୍କ ଭଉଣୀ ବାପଘରକୁ ଚାଲିଯାଏ । ଶାଶୁଘର ଲୋକେ କିଛିଦିନ ପରେ ଯାଇ ସସ୍ମିତାକୁ ବୁଝାଶୁଝା କରି ନେଇଆସିଥାନ୍ତି । ଏଭଳି ବାରମ୍ବାର ହୋଇଥାଏ । ତାଙ୍କ ଭଉଣୀର ଶାଶୁ ଭାରତୀ ମଳିକ,ଦିଅର ଧକି,ଯାଆ ପୁଷ୍ପା,ମାମୁଁ ଆଦିକନ୍ଦ ପ୍ରମୁଖ ମିଶି ତାଙ୍କ ଭଉଣୀ ସସ୍ମିତାକୁ ଅଧିକ ଯୌତୁକ ଦାବୀକରି ସସ୍ମିତାକୁ ମାନସୀକ,ଶାରୀରିକ ନିର୍ଯ୍ୟାତନା ଦେଇଥିବା ସମ୍ପର୍କରେ ତାଙ୍କ ଭଉଣୀ ପୂର୍ବରୁ ଜଣାଇଛି ବୋଲି ସେ ଅଭିଯୋଗ କରିଛନ୍ତି । ଶେଷରେ ତାଙ୍କ ଭଉଣୀକୁ ସମସ୍ତେ ମିଶି ମାରିଦେଇଥିବା ମଧ୍ୟ ସେ ସଦର ଥାନାରେ ଅଭିଯୋଗ କରିଛନ୍ତି । ତାଙ୍କ ଅଭିଯୋଗକୁ ଭି ିକରି ସଦର ଥାନା ପୋଲିସ ୨୩୭/୨୦୨୦ରେ ଆଇପିସିର ଧାରା ୪୯୮(କ),୩୦୨,୩୪ଦଫାରେ ଏବଂ ଯୌତୁକ ନିରୋଧ ଆଇନ ୪ ଅନୁଯାଇ ଏକ ମାମଲା ରୁଜୁକରିଛନ୍ତି । ସଦର ଥାନା ପୋଲିସ ମୃତକର ସ୍ୱାମୀ ବାଇଧର ମଳିକଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଥିଲେ ମଧ୍ୟ ଅନ୍ୟ ଅଭିଯୁକ୍ତମାନଙ୍କୁ ଗିରଫ ନକରିବା ଏବଂ ବିବାହ ସମୟରେ ଝିଅ ସସ୍ମିତାକୁ ଦିଆଯାଇଥିବା ସମସ୍ତ ଜିନିଷ ନଫେରାଇବା ଘଟଣା ଏବଂ ହତ୍ୟାକୁ ଆତ୍ମହତ୍ୟାର ରୂପ ଦେବାକୁ ପୋଲିସ ଉଦ୍ୟମ କରୁଥିବା ଘଟଣା ପୋଲିସର ନୀରପେକ୍ଷତା ଉପରେ ସନ୍ଦେହ ପ୍ରକାଶ କରି ପରିବାର ପକ୍ଷରୁ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଧାରଣା ଦିଆଯାଇଛି । ଏଥିସହିତ ଏହି ହତ୍ୟା ଘଟଣାର କ୍ରାଇମବ୍ରଂଚ ତଦନ୍ତ କରାଯିବାକୁ ପରିବାର ପକ୍ଷରୁ ଜିଲ୍ଲାପାଳଙ୍କୁ ଏକ ଦାବିପତ୍ର ପ୍ରଦାନ କରାଯାଇଛି । ଏହି ଦାବିପତ୍ର ପରିବାର ପକ୍ଷରୁ ନାରାୟଣ ମଳିକ, ଶୁକାନ୍ତି ମଳିକ, ବିନିତା ମଳିକ, ସୁଷମା ମଳିକ, ରଚନା ମଳିକ ପ୍ରମୁଖ ଦେଇଛନ୍ତି ।

2024-2025



ADMISSION OPEN

Maharishi Public School, Baripada

STD-NURSERY TO VIII

ENROLL YOUR CHILD TODAY

Special discount for new admission before 15.03.2023

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on
Facebook.com/Mps, Baripada

ଖେଳ
ସାଧାରଣ ଲୋକଙ୍କ ଖବରକାଗଜ
ପର୍ଯ୍ୟବେକ୍ଷକ 25
PARYABEKHYAK
पर्यवेक्षक
Bhubaneswar Thursday January 18 ଭୁବନେଶ୍ୱର ଗୁରୁବାର, ଜାନୁଆରୀ ୧୮,୨୦୨୪ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com


# ବିଦ୍ୟୁତ କର୍ମଚାରୀମାନଙ୍କ ଦୀର୍ଘ ଦିନର ମଜୁରୀ ନିର୍ଦ୍ଧାରଣ ଦ୍ୱିପାକ୍ଷିକ ରାଜିନାମା ସ୍ୱାକ୍ଷର



ଭୁବନେଶ୍ୱର, (ପି.ଏନ) : ବିଦ୍ୟୁତ ଶ୍ରମିକ କର୍ମଚାରୀ ଏକତା ମଂଚ ଓ ତିନିଗୋଟି କେନ୍ଦ୍ରୀୟ ଟ୍ରେଡ଼ ୟୁନିଅନ ତଥା ଆଇ.ଏନ୍.ଟି.ୟୁ.ସି., ଏ.ଆଇ.ଟି.ୟୁ.ସି., ସି.ଆଇ.ଟି.ୟୁ. ଏବଂ ନିଖିଳ ଓଡ଼ିଶା ବିଦ୍ୟୁତ୍ ଶ୍ରମିକ ମହାସଂଘ, ଓଷ୍ଟେର୍ଣ୍ଣ ଓଡ଼ିଶା ବିଦ୍ୟୁତ ଶ୍ରମିକ ମହାସଂଘ ଏବଂ ଓପିସିଟିଏଲ ମ୍ୟାନେଜମେଂଟ ମଧ୍ୟରେ ବହୁ ପ୍ରତିକ୍ଷିତ ମଜୁରୀ ନିର୍ଦ୍ଧାରଣ ଓ ଦରମା ଗତ ଅସଂଗଠିତକୁ ମିଳିତ ଭାବେ ଆଲୋଚନା କରାଯାଇ ସମାଧାନ କରିବା ସହିତ ଦ୍ୱିପାକ୍ଷିକ ରାଜିନାମା ସ୍ୱାକ୍ଷର କରାଯାଇଅଛି । ଏହି ବୈଠକରେ ଓପିସିଟିଏଲର ମାନ୍ୟବର ଅଧକ୍ଷ ଶ୍ରୀ ସଞ୍ଜୟ କୁମାର ମିଶ୍ର, ଅଧକ୍ଷତା କରିବା ସହିତ ମାନ ସମ୍ବଳ ନିର୍ଦ୍ଦେଶକ ଶ୍ରୀ ରଘୁନାଥ ପ୍ରତିହାରୀ, ସିଜିଏମ୍ ଶ୍ରୀ ଚନ୍ଦ୍ର ଶେଖର ପ୍ରଧାନ, ଇତିଶ୍ରୀ ସାହୁ (ଜିଏମ୍ ମାନବସମ୍ବଳ ଓ ନେତୃବୃନ୍ଦ ମାନଙ୍କ ମଧ୍ୟରେ ଡ. ରାମଚନ୍ଦ୍ର ଖୁଂଟିଆ, ଶ୍ରୀ ବିଷ୍ଣୁ ମହାନ୍ତି, ଶ୍ରୀ ରାମକୃଷ୍ଣ ପଣ୍ଡା, ରମେଶ ଶତପଥି, ପ୍ରଶାନ୍ତ କୁମାର ମହାପାତ୍ର, ଲଳିତ କୁମାର ପଟ୍ଟନାୟକ, ସତ୍ୟବାଦୀ ବାଗ, ଅକ୍ଷୟ କୁମାର ତ୍ରିପାଠୀ, ସମ୍ଭୁ ବାବୁ, ପ୍ରଣୟ କୁମାର ନାୟମ, ନାରାୟଣ ସିଂହ, ଜଗନ୍ନାଥ ମହାରଣା, ପବିତ୍ର ଖୁଂଟିଆ, ବିରେନ୍ଦ୍ର ପ୍ରତାପ ରାୟ, ସଂଜିବ ପ୍ରସାଦ ବେହେରା ଇତ୍ୟାଦି ଉପସ୍ଥିତ ରହି ଏକ ଐତିହାସିକ ମଜୁରୀ ରାଜିନାମା ସ୍ୱାକ୍ଷର କରିଛନ୍ତି । ଏଥିପାଇଁ ଓପିଟିସିଏଲ କର୍ତ୍ତୃପକ୍ଷ ଓ ରାଜ୍ୟ ସରକାରଙ୍କୁ ଏକତା ମଂଚ ପକ୍ଷରୁ ଧନ୍ୟବାଦ ଅର୍ପଣ କରାଯାଇଅଛି । କର୍ମଚାରୀମାନେ ତା. ୦୧.୦୪.୨୦୨୦ ଠାରୁ ଗୋଟିଏ ଇନକ୍ରିମେଂଟ ସହିତ ଫିଟମେଂଟ ବେନିଫିଟ୍ ହିସାବରେ ୧୦୦, ଶିକ୍ଷା ବାବଦରେ ଜଣକ ପିଛା ୧୫୦୦, ସିଡଜି ପ୍ରଥମ କରି ପ୍ରଚଳନ, ସଫା କରିବା ପାଇଁ ୨୦୦ ଟଙ୍କା ପାଇବେ । ସେହିପରି ଆନୋମୋଲିରେ ଯେଉଁ ତାରତମ୍ୟ ରହିଥିଲା ତାହା ମଧ୍ୟ ସମାଧାନ କରାଯାଇଛି ।

# ମା'ମଙ୍ଗଳା ମନ୍ଦିରର ବାର୍ଷିକ ଉତ୍ସବ

କେନ୍ଦ୍ରାପଡ଼ା, (ପି.ଏନ): ଅଣ୍ଡରା ଗ୍ରାମପ ାୟତର ମା'ମଙ୍ଗଳା ମନ୍ଦିରରେ ବାର୍ଷିକ ଉତ୍ସବ, ଘୃତଯଜ୍ଞ, ନାମସଙ୍କୀ ର୍ନ, ପ୍ରବଚନ, ଅନ୍ନଯଜ୍ଞ ମହାସମାରୋହରେ ପାଳିତ ହୋଇଯାଇଛି । ଯଜ୍ଞର କ ର୍ତ୍ତା ଓ କ ର୍ତ୍ତୀ ଭାବେ ପ୍ରଶାନ୍ତ ସ୍ୱାଇଁ ଏବଂ କାବେରୀ ସ୍ୱାଇଁ କାର୍ଯ୍ୟ ସମ୍ପାଦନ କରିଥିଲେ । ପୂଜକ ପ୍ରଶନ୍ନ ନନ୍ଦ, ଗଗନ ଆଚାର୍ଯ୍ୟ, ତ୍ରୈଲୋକ୍ୟନାଥ ନନ୍ଦ, ସୌମ୍ୟଜିତ ନନ୍ଦ, ଜଗତ ଜୟନନ୍ଦ, ଚି ରଞ୍ଜନ ମହାପାତ୍ର ପ୍ରମୁଖ ପୂଜାକାର୍ଯ୍ୟ ଓ ମନ୍ତ୍ରୋଚାରଣ ସମେତ ଯଜ୍ଞରେ ଆହୂତି ପ୍ରଦାନ କରିଥିଲେ । ତୀର୍ଥଙ୍କର ମଲ୍ଲିକ, ଭାବଗ୍ରାହୀ ମଲ୍ଲିକ, ବିଘ୍ନେଶ୍ୱର ମଲ୍ଲିକ, ସତ୍ୟବାନ ଦାସ ପ୍ରମୁଖଙ୍କ ଯଜ୍ଞ କାର୍ଯ୍ୟରେ ସହଯୋଗରେ ପ୍ରଦାନ କରିଥିଲେ ।

# ଜେଏସଡବ୍ଲୁ ଓ ଭାମନ ଇଞ୍ଜିନିଅରିଙ୍ଗ ଇଣ୍ଡିଆର 'ରୋକୋ ଟୋକୋ' ସଡକ ସୁରକ୍ଷା କାର୍ଯ୍ୟକ୍ରମ



ପାରାଦୀପ,(ପି.ଏନ): ସଡକ ସୁରକ୍ଷା ଅଭିଯାନ ପରିପ୍ରେକ୍ଷୀରେ ଜେଏସଡବ୍ଲୁ ଏବଂ ଭାମନ ଇଞ୍ଜିନିଅରିଙ୍ଗ ଇଣ୍ଡିଆ ଲିମିଟେଡ଼ କମ୍ପାନୀର ମିଳିତ ଆନୁକୂଲ୍ୟରେ ପାରାଦୀପରେ ଏକ ସଡକ ସୁରକ୍ଷା ସଚେତନତା କାର୍ଯ୍ୟକ୍ରମ ବୁଧବାର ଦିନ ଅନୁଷ୍ଠିତ ହୋଇଯାଇଛି । 'ରୋକୋ ଟୋକୋ' ଶୀର୍ଷକ ଏହି କାର୍ଯ୍ୟକ୍ରମରେ କମ୍ପାନୀର ଦିବେଶ ଲେଙ୍କା ଯମରାଜ ବେଶ ଧାରଣ କରି ରାସ୍ତାରେ ଟ୍ରାଫିକ ନିୟମ ଭଙ୍ଗକାରୀ ଙ୍କୁ ଆକଟ କରି ନିୟମ ପାଳନକାରୀଙ୍କୁ ମିଷ୍ଟାନ ବଣ୍ଟନ କରୁଥିବାର ଦେଖାଯାଇଥିଲା । ପାରଦୀପରେ ଏପରି ଅଭିନବ ଉପାୟରେ ସଡକ ସୁରକ୍ଷା ସଚେତନତା କାର୍ଯ୍ୟକ୍ରମ ସାଧାରଣରେ ବେଶ ଉପଭୋଗ୍ୟ ହେବା ସହ ବେଶ ପ୍ରଶଂସା କରାଯାଇଥିଲା । ଏହି କାର୍ଯ୍ୟକ୍ରମକୁ ଭାମନ ଇଣ୍ଡିଆ କମ୍ପାନୀର ସାଇଟ ମୁଖ୍ୟ ବେଲାଲ ଅହମଦ, ନିରାପତ୍ତା ମୁଖ୍ୟ ପୁଷ୍ପେନ୍ଦ୍ର ରାଉତ, ଏଚ୍ଆର ମୁଖ୍ୟ ପଙ୍କଜ ଦୁବେ ଏବଂ ମାଧବେନ୍ଦ୍ର ତ୍ରିପାଠୀ ପ୍ରମୁଖ ପରିଚ୍ଳାନା କରିଥିଲେ ।

# ପାକ୍ଷିକ ସମ୍ବାଦ ପତ୍ରିକା ଉପାନ୍ତ ଖବର ଓ ୱେବ ଚେନାଲର ତୃତୀୟ ବାର୍ଷିକ ଉତ୍ସବ ଅନୁଷ୍ଠିତ

ପାରାଦୀପ,(ପି.ଏନ):ପାକ୍ଷିକ ସମ୍ବାଦ ପତ୍ରିକା ଉପାନ୍ତ ଖବର ଓ ୱେବ ଚେନାଲର ତୃତୀୟ ବାର୍ଷିକ ଉତ୍ସବ ପାରାଦୀପ ସ୍ଥିତ ପୋର୍ଟ କ୍ଲବ ପରିସରରେ ବୁଧବାର ଦିନ ଆଡମ୍ବର ସହକାରେ ପାଳିତ ହୋଇଯାଇଛି । ଏହି ଅବସରରେ ବରିଷ୍ଠ ଖବରକାଗଜ ସମ୍ପାଦକ ରବି ରଥ ମୁଖ୍ୟ ଅତିଥି ତଥା ବକ୍ତା ଭାବେ ଯୋଗଦେଇ ଆନୁଷ୍ଠାନିକ ଭାବେ ଏହି କାର୍ଯ୍ୟକ୍ରମ କୁ ଉଦଘାଟନ କରିଥିଲେ । ଉପାନ୍ତ ଖବର ଓ ୱେବ ଚେନାଲ ର ସମ୍ପାଦକ ଗଣେଶ ଚନ୍ଦ୍ର ବିଶୋଇଙ୍କ ଅଧକ୍ଷତା ରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ଗଜପତି ଜଳସେଚ଼ନ ବିଭାଗ ମୁଖ୍ୟ ଯନ୍ତ୍ରୀ ସଞ୍ଜୟ ଦାସଶର୍ମା, ମୁଖ୍ୟଯନ୍ତ୍ରୀ ନଗେନ୍ଦ୍ର ମହାରଣା, ପତ୍ରିକାର ପରିଚ଼ାଳନା ସମ୍ପାଦଜ ଅଜିତ କୁମାର ଦାସ, ଚେନାଲ ର ସହ ସମ୍ପାଦକ ଦେବାଶିଷ ପାଣି, ପରିଚ଼ାଳନା ନିର୍ଦ୍ଦେଶକ ମନୋଜ ସାହୁ,ଜିତେନ୍ଦ୍ର ସାହୁ, ଅମୀୟ ରଞ୍ଜନ ପଟ୍ଟନାୟକ, ପ୍ରମୁଖ ସମ୍ମାନିତ ଅତିଥି ଭାବେ ଉପସ୍ଥିତ ଥିଲେ । ଅନୁଷ୍ଠାନର ଶୋଭକର ବେହେରା ମଞ୍ଚ ପରିଚ଼ାଳନା କରିଥିବା ବେଳେ ପାରାଦୀପ କାର୍ଯ୍ୟରତ ସାମ୍ବାଦିକ ସଂଯୋଜକ ଆଇନଜୀବୀ ରବୀନ୍ଦ୍ର କୁମାର ଜେନା ଏଥିରେ ସହଯୋଗ କରିଥିଲେ କ୍ଷ ଏହି କାର୍ଯ୍ୟକ୍ରମ ରେ ରାଜ୍ୟର ବିଭିନ୍ନ ପ୍ରାନ୍ତରୁ ଅନୁଷ୍ଠାନର ବହୁ ସାମ୍ବାଦିକ ଓ ସାମ୍ବାଦିକା ମାନେ ଯୋଗ ଦେଇଥିଲେ । ଏହି କାର୍ଯ୍ୟକ୍ରମକୁ ଉପାନ୍ତ ର ପାରାଦୀପ ପ୍ରତିନିଧି ଦେବାଶିଷ ପାଣି ପରିଚ଼ାଳନା କରିଥିବା ବେଳେ ଅନ୍ୟମାନେ ଏଥିରେ ସହଯୋଗ କରିଥିଲେ ।

# ଶ୍ରୀଜଗନ୍ନାଥ ପରିକ୍ରମା ପ୍ରକଳ୍ପ ଲୋକାର୍ପଣ ଉତ୍ସବରେ ଅଫିସର ଓ କୃଷକ



କୋଣାର୍କ,(ପି.ଏନ): କୋଣାର୍କ ଥାନା ଅଧିନସ୍ଥ କାଦୁଆନୂଆଗାଁ ଗ୍ରାମପଞ୍ଚାୟତର ଧନୀତ୍ରି ସେବା ସମବାୟ ସମିତି ପକ୍ଷରୁ ସରକାରୀ ଅଧିକାରୀଙ୍କ ଅନୁପସ୍ଥିତ ରହିବା ଓ କାଁଭାଁ କୃଷକ ମାନଙ୍କୁ ନେଇ ଧାନମଣ୍ଡି ଖୋଲିବା ଘଟଣାରେ କୃଷକ ସଂଗଠନ ଓ ସ୍ଥାନୀୟ ଅଂଚ଼ଳର ବୁଦ୍ଧିଜୀବୀ, ଶିକ୍ଷାବିତ, ବରିଷ୍ଠ ନାଗରିକ ଓ କୃଷକ ମାନଙ୍କ ମହଲରେ ଅସନ୍ତୋଷ ବୃଦ୍ଧି ପାଇବାରେ ଲାଗିଛି । ଖବରରୁ ପ୍ରକାଶ ଯେ ଜଗନ୍ନାଥ ଧାମ ପୁରୀ ଠାରେ ମହାପ୍ରଭୁଙ୍କ ଶ୍ରୀମନ୍ଦିର ପରିକ୍ରମା ପ୍ରକଳ୍ପ ଲୋକାର୍ପଣ ଉତ୍ସବ ଚ଼ାଲିଥିବା ବେଳେ ବ୍ଲକ ଯୋଗାଣ ଅଧିକାରୀଙ୍କ ଅନୁପସ୍ଥିତିରେ କାଁଭାଁ କୃଷକ ମାନଙ୍କୁ ନେଇ ଅତି ତରବରିଆ ଭାବେ ଧନିତ୍ରୀ ସେବା ସମବାୟ ସମିତି ପକ୍ଷରୁ ଧନିତ୍ରୀ ଠାରେ ଧାନମଣ୍ଡି ଖୋଲିବା ଘଟଣାକୁ ବୁଦ୍ଧିଜୀବୀ ଓ କୃଷକ ମହଲରେ ଘଟଣାକୁ ନେଇ ଅସନ୍ତୋଷ ପ୍ରକାଶ ପାଇବା ସହ ଜିଲ୍ଲା ଯୋଗାଣ ଓ ସମବାୟ ବିଭାଗ ପକ୍ଷରୁ ଏହାର ଉଚ୍ଚ଼ସ୍ତରୀୟ ତଦନ୍ତ ଦାବି କରାଯାଇଛି । ଶ୍ରୀମନ୍ଦିର ପରିକ୍ରମା ପ୍ରକଳ୍ପ ଲୋକାର୍ପଣ ଉତ୍ସବରେ କାକଟପୁର ଯୋଗାଣ ଅଧିକାରୀ ସମେତ ବିଭିନ୍ନ ସରକାରୀ ଅଧିକାରୀ ନିୟୋଜିତ ହୋଇଥିବା ବେଳେ କୃଷକ ଓ ଗ୍ରାମପଞ୍ଚାୟତର ଅଧିକାଂଶ ଜନସାଧାରଣ ସହ ଭକ୍ତ ମାନେ ପୁରୀ ଯାଇଥିବା ବେଳେ ଛୁଟିଦିନରେ କଣ ପାଇଁ ସମିତିର ସଂପାଦକ ଧାନମଣ୍ଡି ଖୋଲିବା ପାଇଁ ସାହାସ ଜୁଟାଇଲେ ତାହାର ବିଧିବଦ୍ଧ ତଦନ୍ତ ପାଇଁ କୃଷକ ମାନଙ୍କ ପକ୍ଷରୁ ଦାବି ହେଉଛି ।ଏହି ଧାନମଣ୍ଡି ରେ ସରକାରୀ ଅଧିକାରୀ ଅନୁପସ୍ଥିତ ରହିବା ବେଳେ ଏହାର ପ୍ରଚ଼ାର ଓ ପ୍ରସାର ଦିଗରେ ଧନିତ୍ରୀ ସେବା ସମବାୟ ସମିତି ପକ୍ଷରୁ କୌଣସି କୃଷକ ମାନଙ୍କୁ ଅବଗତ ନ କରାଯାଇ ଛୁଟିଦିନରେ ଧାନମଣ୍ଡି ତରବରିଆ ଭାବେ ଖୋଲିବା ପଛରେ ଅସଲ ଉଦ୍ଦେଶ୍ୟ କଣ କୃଷକ ମାନଙ୍କ ମହଲରେ ଏହାର ଉଚ୍ଚ଼ସ୍ତରୀୟ ତଦନ୍ତ ଦାବି କରାଯାଇଛି । ଏହି ସମ୍ବେଦନଶୀଳ ଘଟଣା ଉପରେ ପୁରୀ ଜିଲ୍ଲାପାଳ ଓ ଜିଲ୍ଲା ମୁଖ୍ୟ ଯୋଗାଣ ଅଧିକାରୀ ଦୃଷ୍ଟି ଦେଇ ସଂପୃକ୍ତ ସମିତିର ସଂପାଦକଙ୍କ ବିରୋଧରେ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ସାଧାରଣରେ ଦାବି କରାଯାଇଛି ।

# ବାରଣାସୀ-ପ୍ରୟାଗରାଜ ଅଭିମୁଖେ ଗଜପତିରୁ ବରିଷ୍ଠ ନାଗରିକଙ୍କ ତୀର୍ଥ ଯାତ୍ରା



ପାରଳାଖେମୁଣ୍ଡି,(ପି.ଏନ): ଗଜପତି ଜିଲ୍ଲାରୁ ୯୦ ଜଣ ବରିଷ୍ଠ ନାଗରିକ ବାରଣାସୀ ପ୍ରୟାଗରାଜ ଅଭିମୁଖେ ତୀର୍ଥ ଯାତ୍ରା ଆରମ୍ଭ କରିଛନ୍ତି. ଗଜପତି ଜିଲ୍ଲା ପରିଷଦ ସଭାପତି, ଜିଲ୍ଲାପରିଷଦ, ଗଜପତି ଶ୍ରୀଯୁକ୍ତ ଜି. ତିରୁପତି ରାଓଙ୍କ ମୁଖ୍ୟ ଅତିଥି ଭାବେ ଉପସ୍ଥିତି, ଜିଲ୍ଲାପାଳ ଶ୍ରୀଯୁକ୍ତ ସ୍ମୃତି ରଞ୍ଜନ ପ୍ରଧାନ ଓ ଅଧକ୍ଷା, ପାରଳା ପୌରପରିଷଦ ଶ୍ରୀମତୀ ନିର୍ମଳା ସେଠୀଙ୍କ ଉପସ୍ଥିତିରେ ବାରଣାସୀ-ପ୍ରୟାଗରାଜ ଅଭିମୁଖେ ଯାତ୍ରା କରିବାକୁ ଥିବା ଗଜପତିରୁ ୯୦ ଜଣ ତୀର୍ଥଯାତ୍ରୀଙ୍କୁ ନେଇ ଯାଉଥିବା ଦୁଇଟି ବସ୍ କୁ ସବୁଜ ପତାକା ଦେଖାଇ ଶୁଭାରମ୍ଭ କରାଯାଇଛି ।ସୂଚ଼ନା ପ୍ରକାରେ ଏହି ତୀର୍ଥ ଯାତ୍ରା କାର୍ଯ୍ୟକ୍ରମ ଚ଼ଳିତ ମାସ ୧୭-୦୧-୨୦୨୪ ରିଖରେ ବ୍ରହ୍ମପୁର ରୁ ଆରମ୍ଭ ହୋଇ ୨୨-୦୧-୨୦୨୪ ରେ ଶେଷ ହେବ । ଏଥିପାଇଁ ରାଜ୍ୟ ତୀର୍ଥ ଯାତ୍ରୀ ଚ଼ିହ୍ନଟ ପ୍ରକ୍ରିୟା ଶେଷ କରିଛି ଏବଂ ସେମାନେ ହିଁ ଏହିଯାତ୍ରାରେ ସାମିଲ ହେବେ ଓ ଉକ୍ତ ଯାତ୍ରୀ ମାନେ ପର୍ଯ୍ୟଟନ ବିଭାଗ, ଓଡିଶା ସରକାରଙ୍କ ଦ୍ୱାରା ଅନଲାଇନ ପ୍ରକ୍ରିୟା ମାଧ୍ୟମରେ ଆବେଦନ କରିଥିଲେ । ସେଥି ମଧ୍ୟରୁ ୯୦ ଜଣ ଯାତ୍ରୀଙ୍କୁ ରାଜ୍ୟ ଚ଼ିହ୍ନଟ କରିଛି । ସେଥି ମଧ୍ୟରେ ଗୋଷାଣି ବ୍ଲକ ରୁ ୩୨ ଜଣ, କାଶୀନଗର ବିଜ୍ଞାପିତ ଅଞ୍ଚଳ ପରିଷଦରୁ ୯ ଜଣ, ଗୁମ୍ମା ବ୍ଲକ ରୁ ୧୫ ଜଣ, ମୋହନା ବ୍ଲକରୁ ୬ ଜଣ, କାଶିନଗର ବ୍ଲକ ରୁ ୨୧ ଜଣ ଏବଂ ପାରଳାଖେମୁଣ୍ଡି ମୁନିସିପାଲିଟିରୁ ୭ ଜଣ ତୀର୍ଥଯାତ୍ରୀ ଚ଼ିହ୍ନଟ ହୋଇଛନ୍ତି । ଜିଲ୍ଲା ପ୍ରଶାସନ ତରଫରୁ ଉକ୍ତ ଯାତ୍ରା ପାଇଁ ଯାତ୍ରୀମାନଙ୍କ ସୁରକ୍ଷା ନିମନ୍ତେ ନିମ୍ନଲିଖିତ ପଦକ୍ଷେପ ମାନ ଗ୍ରହଣ କରାଯାଇଛି ।




Printed & Published by Budhadev Mohapatra on behaöf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751010 & Puböished at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751015, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com
ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray